visit us at
www.paryabekhyak.com

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

FIND US ON facebook.com/paryabekhyak
FOLLOW US ON TWITTER twitter.com/paryabekhyak

Vol.25 . No.127 Bhubaneswar Friday July 01 2022 ୨୫ତମ ବର୍ଷ ସଂଖ୍ୟା-୧୨୭ ଭୁବନେଶ୍ୱର, ଶୁକ୍ରବାର, ଜୁଲାଇ ୦୧, ୨୦୨୨ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS


## ଆଜି ଶ୍ରୀଗୁଣ୍ଡିଚା ରଥଯାତ୍ରା : ସିଂହଦ୍ୱାର ସମ୍ମୁଖରେ ଲାଗିଲା ତିନି ରଥ

ପୁରୀ, (ପି.ଏନ): ବିଶ୍ୱ ପ୍ରସିଦ୍ଧ ଶ୍ରୀଗୁଣ୍ଡିଚା ରଥଯାତ୍ରା । ଏନେଇ ଚଳ ଚଂଚଳ ହୋଇ ଉଠିଛି ଶ୍ରୀକ୍ଷେତ୍ର । ରଥାରୁଢ଼ ଶ୍ରୀଜୀଉଙ୍କୁ ଦର୍ଶନ କରିବା ପାଇଁ ଭକ୍ତ ମନ ବ୍ୟାକୁଳ । ଦୀର୍ଘ ଦୁଇ ବର୍ଷ ପରେ ଭକ୍ତଯୁକ୍ତ ରଥଯାତ୍ରାର ଆୟୋଜନ କରିଛି ପ୍ରଶାସନ । ଜ୍ୱରରୁ ସୁସ୍ଥ ହେବା ପରେ ଆସନ୍ତାକାଲି ବଡ ଭାଇ ବଳଭଦ୍ର ଓ ଭଉଣୀ ସୁଭଦ୍ରାଙ୍କ ସହିତ ମାଉସୀମା ଘରକୁ ନବ ଦିନ ବ୍ୟାପୀ ଯାତ୍ରା କରିବେ ଜଗତର ନାଥ ଜଗନ୍ନାଥ । ଆଜି ସକାଳ ଧୂପ ପରେ ରଥଖଳାକୁ ଆସିଥିଲା ଆଜ୍ଞାମାଳ । ତିନି ରଥରେ ଆଜ୍ଞାମାଳ ଲାଗି ହେବା ପରେ ପୋଲିସ ଫୋର୍ସ ଓ ଭକ୍ତଙ୍କ ସହାୟତାରେ ରଥଟଣା ଯିବା ସହ ରଥକୁ ଦକ୍ଷିଣ ମୋଡ଼ କରାଯାଇ ଶ୍ରୀମନ୍ଦିର ସିଂହଦ୍ୱାର ସମ୍ମୁଖରେ ରଖାଯାଇଛି । ପ୍ରଥମେ ଶ୍ରୀଜଗନ୍ନାଥଙ୍କ ନନ୍ଦିଘୋଷ ରଥ, ପରେ ଦେବୀ ସୁଭଦ୍ରାଙ୍କ ଦର୍ପଦଳନ ରଥ ଓ ଶେଷରେ ଶ୍ରୀ ବଳଭଦ୍ରଙ୍କ ତାଳଧ୍ୱଜ ରଥ ସିଂହଦ୍ୱାର ସମ୍ମୁଖରେ ଲାଗିଛି । ଯାତ୍ରା ସମୟରେ ଶ୍ରୀଜୀଉଙ୍କ ଶ୍ରୀଅଙ୍ଗର ସୁରକ୍ଷା ପାଇଁ ଆଜି ଅପରାହ୍ନରେ ସେନାପଟା ଲାଗି ହୋଇଛି । ଆସନ୍ତାକାଲି ପ୍ରଭାତରେ ଶ୍ରୀଜୀଉଙ୍କ ମଙ୍ଗଳାର୍ପଣ ବିଧି ସମ୍ପନ୍ନ, ରଥ ପ୍ରତିଷ୍ଠା ଏବଂ ନିର୍ଦ୍ଧାରୀତ ସମୟରେ ଅନ୍ୟାନ୍ୟ ନୀତିକାନ୍ତି ସମ୍ପନ୍ନ ହେବା ପରେ ତିନି ଠାକୁର ରତ୍ନ ବେଦିରୁ ଧାଡ଼ି ପହଣ୍ଡିରେ ରଥ ଉପରକୁ ବିଜେ କରିବେ ।





ପବିତ୍ର ରଥଯାତ୍ରା ଉପଲକ୍ଷେ
ମାନ୍ୟବର ରାଜ୍ୟପାଳଙ୍କ ବାର୍ତ୍ତା

ବିଶ୍ୱ ପ୍ରସିଦ୍ଧ ରଥଯାତ୍ରା-୨୦୨୨ ଅବସରରେ ମୁଁ ବିଶ୍ୱର କୋଣ ଅନୁକୋଣରେ ଥିବା ଶ୍ରୀଜଗନ୍ନାଥପ୍ରେମୀ ଭକ୍ତଜନଙ୍କୁ ଆନ୍ତରିକ ଶୁଭେଚ୍ଛା ଜଣାଉଛି ।

ଶ୍ରୀଜଗନ୍ନାଥ ଚେତନା ଓ ଦର୍ଶନରେ ରହିଛି ମାନବଜାତିର ଉତ୍ତରଣ ଓ ଆଧ୍ୟାତ୍ମ ଅନ୍ୱେଷଣର ମାର୍ଗ । ସମାଜରେ ଏହା ଶାନ୍ତି, ମୈତ୍ରୀ, ପ୍ରେମ ଓ ଭ୍ରାତୃଭାବର ପ୍ରତିଷ୍ଠାରେ ସହାୟକ ହେଉ ବୋଲି କାମନା କରୁଛି ।

ଗଣେଶୀ ଲାଲ
(ଗଣେଶୀ ଲାଲ)
ମାନ୍ୟବର ରାଜ୍ୟପାଳ, ଓଡ଼ିଶା

DADLS-24
15001/13/0074/2223






ଓଡ଼ିଶା ସରକାର

ପବିତ୍ର ରଥଯାତ୍ରା ଶ୍ରୀଗୁଣ୍ଡିଚା ଅବସରରେ
ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଶୁଭେଚ୍ଛା

ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ପବିତ୍ର ରଥଯାତ୍ରା ଶ୍ରୀଗୁଣ୍ଡିଚା ଅବସରରେ ଆପଣମାନଙ୍କୁ ମୋର ଶୁଭେଚ୍ଛା ଜଣାଉଛି । ଓଡ଼ିଶା ତଥା ସାରା ବିଶ୍ୱର ବିଭିନ୍ନ ଦେଶରେ ରହୁଥିବା ଓଡ଼ିଶାବାସୀଙ୍କ ସୁଖ ଓ ସମୃଦ୍ଧି ପାଇଁ ମହାପ୍ରଭୁଙ୍କ ଆଶୀର୍ବାଦ କାମନା କରୁଛି ।

ଦୀର୍ଘ ଦୁଇ ବର୍ଷ ପରେ ମହାପ୍ରଭୁ ଆଜି ଭକ୍ତମାନଙ୍କ ଗହଣରେ ଗୁଣ୍ଡିଚା ଯାତ୍ରା ଆରମ୍ଭ କରିଛନ୍ତି ।

ମୋର ଅନୁରୋଧ ଆପଣମାନେ ମାସ୍କ ପରିଧାନ କରି ଶାନ୍ତି ଶୃଙ୍ଖଳାର ସହ ରଥଯାତ୍ରାରେ ଭାଗ ନିଅନ୍ତୁ ଓ ମହାପ୍ରଭୁଙ୍କ ଆଶୀର୍ବାଦ ଲାଭ କରନ୍ତୁ ।

— ଜୟ ଜଗନ୍ନାଥ । —

ନବୀନ ପଟ୍ଟନାୟକ
ମୁଖ୍ୟମନ୍ତ୍ରୀ, ଓଡ଼ିଶା

DADLS-24
15001/13/0074/2223






ରଥଯାତ୍ରା ଉପଲକ୍ଷେ ବାର୍ତ୍ତା

ଓଡ଼ିଆ ଅସ୍ମିତା ଓ ସ୍ୱାଭିମାନର ପରିଚୟ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ପବିତ୍ର ରଥଯାତ୍ରା ଅବସରରେ ରାଜ୍ୟବାସୀ ତଥା ସମସ୍ତ ଭକ୍ତ ଓ ଶ୍ରଦ୍ଧାଳୁମାନଙ୍କୁ ମୋର ହାର୍ଦ୍ଦିକ ଶୁଭେଚ୍ଛା ଓ ଅଭିନନ୍ଦନ ।

ଜଗତର ନାଥ ଶ୍ରୀଜଗନ୍ନାଥଙ୍କ ଅପାର କରୁଣାରୁ ବିଶ୍ୱବାସୀଙ୍କ ମଙ୍ଗଳ ହେଉ, ବିଶ୍ୱନିୟନ୍ତାଙ୍କ ପାଖରେ ଏହାହିଁ ମୋର ପ୍ରାର୍ଥନା ।

ପ୍ରଦିପ କୁମାର ଅମାତ
(ପ୍ରଦିପ କୁମାର ଅମାତ)
ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ,
ପଞ୍ଚାୟତିରାଜ ଓ ପାନୀୟ ଜଳ, ସୂଚନା ଓ ଲୋକସମ୍ପର୍କ ମନ୍ତ୍ରୀ

DADLS-24
15001/13/0074/2223


## ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେଲେ ସିନ୍ଦେ, ମନା କରି ଉପ ମୁଖ୍ୟମନ୍ତ୍ରୀ ହେଲେ ଫଡନାଭିସ

ମୁମ୍ବାଇ,୩୦।୬(ପି.ଏନ): ଶିବସେନାର ବିଦ୍ରୋହୀ ବିଧାୟକ ଏକନାଥ ସିନ୍ଦେ ଆଜି ମହାରାଷ୍ଟ୍ରର ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେଇଛନ୍ତି। ରାଜଭବନରେ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ରାଜ୍ୟପାଳ ଭଗତ ସିଂହ କୋଶୟାରୀ ତାଙ୍କୁ ପଦ ଓ ଗୋପନୀୟତାର ଶପଥ ପାଠ କରାଇଛନ୍ତି। ଶପଥ ପାଠ ପରେ ସିନ୍ଦେ ନିଜ ଟ୍ୱିଟର ପ୍ରୋଫାଇଲର ଫଟୋ ପରିବର୍ତ୍ତନ କରିଛନ୍ତି। ସେ ଶିବସେନା ପ୍ରତିଷ୍ଠାତା ବାଲାସାହେବ ଠାକରେଙ୍କ ଗୋଡ ତଳେ ବସିଥିବା ବେଳର ଫଟୋକୁ ନିଜ ପ୍ରୋଫାଇଲ ଛବି ଭାବେ ବ୍ୟବହାର କରିବା ଆରମ୍ଭ କରିଛନ୍ତି।ସେହିପରି ଆରମ୍ଭରୁ ସିନ୍ଦେ ସରକାରର ଅଂଶବିଶେଷ ହେବେ ନାହିଁ ବୋଲି କହୁଥିବା ବିଜେପି ନେତା ଦେବେନ୍ଦ୍ର ଫଡନାଭିସ ଶେଷ ମୁହୂର୍ତ୍ତରେ ୟୁ-ଟର୍ଣ୍ଣ ନେଇଛନ୍ତି। ସେ ସିନ୍ଦେ ସରକାରରେ ଉପ ମୁଖ୍ୟମନ୍ତ୍ରୀ ଭାବେ କାମ କରିବେ। ଆଜି ତାଙ୍କୁ ବି ରାଜ୍ୟପାଳ କୋଶୟାରୀ ପଦ ଓ ଗୋପନୀୟତାର ଶପଥ ପାଠ କରାଇଛନ୍ତି।ମହାରାଷ୍ଟ୍ରରେ ଆଜି ଠାରୁ ସିନ୍ଦେ ସରକାର ଆରମ୍ଭ ହୋଇଥିଲେ ହେଁ କୌଣସି ସଦସ୍ୟ ମନ୍ତ୍ରୀ ଭାବେ ଶପଥ ନେଇ ନାହାନ୍ତି। ପରବର୍ତ୍ତୀ ସମୟରେ ସିନ୍ଦେ ସରକାର ତାଙ୍କ ମନ୍ତ୍ରିମଣ୍ଡଳ ସଂପ୍ରସାରଣ କରିବେ। ଆଜି ଅପରାହ୍ନରେ ରାଜ୍ୟପାଳଙ୍କୁ ଭେଟିବା ପରେ ଫଡନାଭିସ କହିଥିଲେ ଯେ ସିନ୍ଦେ ବିଜେପି ସମର୍ଥନରେ ମହାରାଷ୍ଟ୍ରରେ ସରକାର ଗଠନ କରିବେ।ସେ କୌଣସି ପ୍ରକାରରେ ବି ମହାରାଷ୍ଟ୍ର ସରକାରର ଅଂଶବିଶେଷ ହେବେ ନାହିଁ। ସେ କେବଳ ବାହାରେ ରହି ସରକାର କେମିତି ଠିକ୍ ? ଭାବେ ଚାଲିବ, ତା'ର ତଦାରଖ କରିବେ। ହେଲେ ଶପଥ ପାଠର କିଛି ମିନିଟ୍ ? ପୂର୍ବରୁ ବିଜେପି ରାଷ୍ଟ୍ରୀୟ ଅଧ୍ୟକ୍ଷ ଜେପି ନଡ୍ଡା ଟ୍ୱିଟ କରି ଫଡନାଭିସ ଉପ ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେବା ସମ୍ପର୍କରେ ସୂଚନା ଦେଇଥିଲେ। ସତକୁ ସତ ଫଡନାଭିସ ମଧ୍ୟ ସିନ୍ଦେଙ୍କ ଡେପୁଟି ଭାବେ ଶପଥ ନେଇଛନ୍ତି।ଶ୍ରୀ ନଡ୍ଡା ଟ୍ୱିଟ କରି କହିଥିଲେ ଯେ ବିଜେପି ମହାରାଷ୍ଟ୍ରର ଭଲ ପାଇଁ ବଡ ହୃଦୟର ପରିଚୟ ଦେଇଛି। ଏଥିପାଇଁ ଏକନାଥ ସିନ୍ଦେଙ୍କୁ ଦଳ ସମର୍ଥନ କରିବାକୁ ନିଷ୍ପତ୍ତି ନେଇଛି। ଦେବେନ୍ଦ୍ର ଫଡନାଭିସ ମଧ୍ୟ ବଡ ମନର ପ୍ରଦର୍ଶନ କରି ମନ୍ତ୍ରିମଣ୍ଡଳରେ ସାମିଲ ହେବାକୁ ନିର୍ଣ୍ଣୟ ନେଇଛନ୍ତି। ମହାରାଷ୍ଟ୍ରର ଲୋକଙ୍କ ପ୍ରତି ଥିବା ତାଙ୍କର ଭଲ ପାଇବା ଏହି ନିଷ୍ପତ୍ତିରୁ ସ୍ପଷ୍ଟ ହେଉଛି ବୋଲି ଶ୍ରୀ ନଡ୍ଡା କହିଥିଲେ। ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହ ମଧ୍ୟ ଟ୍ୱିଟ କରି ନଡ୍ଡାଙ୍କ କଥାରେ ଫଡନାଭିସ ମହାରାଷ୍ଟ୍ର ସରକାରରେ ସାମିଲ ହୋଇଥିବା କଥା କହିଛନ୍ତି।


ରଥଯାତ୍ରା ଉପଲକ୍ଷେ

ODISHA
ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼, ଓଡ଼ିଶା
(ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ, ଓଡ଼ିଶା ସରକାର)
ପରିବେଶ ଭବନ, ଏ/୧୧୮, ନୀଳକଣ୍ଠ ନଗର, ୟୁନିଟ୍-୮
ଭୁବନେଶ୍ୱର-୭୫୧୦୧୨

ଏକକ ବ୍ୟବହୃତ ପ୍ଲାଷ୍ଟିକ ୧ ଜୁଲାଇ ୨୦୨୨ ତାରିଖ ଠାରୁ ନିଷିଦ୍ଧ

ପ୍ଲାଷ୍ଟିକ ଆବର୍ଜନା ପରିଚାଳନା ଆଇନ ୨୦୨୧ ଅନୁଯାୟୀ ଏକକ ବ୍ୟବହୃତ ପ୍ଲାଷ୍ଟିକ ବସ୍ତୁର ଉତ୍ପାଦନ ଆମଦାନୀ, ମହଜୁଦ, ବିତରଣ, ବିକ୍ରି ଓ ବ୍ୟବହାର ୧ ଜୁଲାଇ, ୨୦୨୨ ଠାରୁ ନିଷିଦ୍ଧ କରାଯାଇଛି ।

ନିମ୍ନଲିଖିତ ଏକକ ବ୍ୟବହୃତ ପ୍ଲାଷ୍ଟିକ ବସ୍ତୁଗୁଡିକର ତାଲିକା ନିମ୍ନ ରେ ପ୍ରଦାନ କରାଯାଇଛି

୧) ପ୍ଲାଷ୍ଟିକ କାଠିଯୁକ୍ତ ଇଅରବଡ୍ (Earbud)
୨) ପ୍ଲାଷ୍ଟିକ କାଠିଯୁକ୍ତ ବେଲୁନ୍
୩) ପ୍ଲାଷ୍ଟିକ ପତାକା
୪) ପ୍ଲାଷ୍ଟିକ ଚକଲେଟ୍ କାଠି
୫) ପ୍ଲାଷ୍ଟିକ ଆଇସକ୍ରିମ୍ କାଠି
୬) ସଜାଇବା ପାଇଁ ପଲିଷ୍ଟିରିନ୍ (ଥରମୋକୁଲ)
୭) ପ୍ଲେଟ୍
୮) କପ୍
୯) ଗ୍ଲାସ୍
୧୦) କଣ୍ଟାଚାମଚ
୧୧) ଚାମଚ
୧୨) ଛୁରୀ
୧୩) ଷ୍ଟ୍ର
୧୪) ଟ୍ରେ
୧୫) ମିଠା ଡବା ରେ ବ୍ୟବହୃତ ପ୍ଲାଷ୍ଟିକ ଆବରଣ
୧୬) ନିମନ୍ତ୍ରଣ ପତ୍ର
୧୭) ସିଗାରେଟ୍ ପ୍ୟାକେଟ୍
୧୮) ଗୋଳାଇବା ପାଇଁ ବ୍ୟବହୃତ ପ୍ଲାଷ୍ଟିକ୍ କାଠି (Stirrer)
୧୯) ପ୍ଲାଷ୍ଟିକ ବ୍ୟାନର (୧୦୦ ମାଇକ୍ରୋନ ରୁ କମ ମୋଟାଇ)





ତାଳଚେର ପୌରପରିଷଦ, ପୌର ନିର୍ବାହୀ ଅଧିକାରୀ



MCL

75 Azadi Ka Amrit Mahotsav



ପବିତ୍ର ରଥଯାତ୍ରାର
ଶୁଭ ଅବସରରେ ଏମ୍‌ସିଏଲ୍ ପକ୍ଷରୁ ଆପଣମାନଙ୍କୁ
ହାର୍ଦ୍ଦିକ ଅଭିନନ୍ଦନ ଓ ଶୁଭକାମନା ।

କୋଇଲା ଉତ୍ପାଦନ ଏବଂ ପ୍ରେରଣରେ
ନୂଆ କୀର୍ତ୍ତିମାନ ସ୍ଥାପନ କରିବା ସହ ଭାରତର ଭବିଷ୍ୟତକୁ ଶକ୍ତିସମ୍ପନ୍ନ
କରିବା ଦିଗରେ ନିରନ୍ତର ପ୍ରୟାସରତ ଏମ୍‌ସିଏଲ୍ ।

୨୦୨୧-୨୨ରେ ନୂତନ କୀର୍ତ୍ତିମାନ ହାସଲ କରିଛି

➤ ୧୬୮ ମିଲିୟନ ଟନ୍ କୋଇଲା ଉତ୍ପାଦନ ➤ ୧୭୬ ମିଲିୟନ ଟନ୍ କୋଇଲା ପ୍ରେରଣ
➤ ୨୦୭ ମିଲିୟନ କ୍ୟୁବିକ୍ ମିଟର ଓଭରବର୍ଡ଼ନ୍ ଅପସାରଣ



ମହାନଦୀ କୋଲ୍‌ଫିଲ୍ଡସ୍ ଲିମିଟେଡ୍
(ଭାରତ ସରକାରଙ୍କ ଏକ ଉପକ୍ରମ ଏବଂ କୋଲ୍ ଇଣ୍ଡିଆ ଲିମିଟେଡ୍‌ର ସହାୟକ କମ୍ପାନୀ)
ଜାଗୃତି ବିହାର, ବୁର୍ଲା, ଜିଲ୍ଲା: ସମ୍ବଲପୁର-୭୬୮୦୨୦ (ଓଡ଼ିଶା)
@mahanadicoal | www.mahanadicoal.in








# ଟି ଟାଇମ୍

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧ୍ୟରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧ୍ୟରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧ୍ୟରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଢ଼ଦର ବ୍ୟବହାର କରନ୍ତି । ଗଛ ମଧ୍ୟରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

## ସବୁଠାରୁ ବଡ଼ ଦାନ

ତୃଷିତଙ୍କୁ ପାଣିଦେବା ଓ କ୍ଷୁଧିତକୁ ଭୋଜନ ଦେବା ଦୁନିଆର ସବୁଠୁ ବଡ଼ ଦାନ ବୋଲି ଶାସ୍ତ୍ର କହିଥାଏ । ଭୋଜନ ଦେବା ପରେ ଯଦି ଭୋକ ଶାନ୍ତ ହୋଇଯାଏ ତ ସବୁ ବସ୍ତୁ ସୁନ୍ଦର ଦେଖାଯାଏ । କିନ୍ତୁ ଦୁଇ-ତିନିଦିନର ଭୋକିଲା ଲୋକକୁ ଟଙ୍କା ବିଡ଼ା ଦିଅଯାଏ ଅଥବା ସୁନା,ରୂପା ଦେଲେ ମଧ ସେ ନିଜର ପେଟକୁ ଖାଇବା ପାଇଁ ଅନୁରୋଧ କରିଥାଏ । ତେବେ ପେଟ ପୂରିବା ପରେ ଯାଇ ତାକୁ ଧନ ଦୌଲତ ଭଲ ଲାଗିଥାଏ। ଭୋକିଲା ଲେକଙ୍କୁ ଖାଦ୍ୟ ଦରକାର ଟଙ୍କାର ବିଡ଼ା ନୁହେଁ । ପେଟର ଭୋକ ଶାନ୍ତ ହେବାପରେ ଯାଇ ଟଙ୍କା, ସୁନା, ଘର ଦ୍ୱାରା, ସ୍ତ୍ରୀ, ପୁତ୍ର, ଭୋଗ ଜାଗ୍ରତ ହୋଇଥାଏ । ଶୋଷ ଲାଗିଲେ ସାରା ଦୁନିଆଁ ମଧ ନୀରସ ଦେଖାଯାଏ । ଶୋଷରେ ବ୍ୟାକୁଳ ଲୋକ ଗୋଟିଏ ମାତ୍ର ଜିନିଷ ଆବଶ୍ୟକ କରେ ତାହା ହେଉଛି ପାଣି । ପାଣି ହିଁ ଜୀବନ ଅଟେ ପାଣି ନମିଳିଲେ ଜୀବନ ମୃତ୍ୟୁସମାନ ହୋଇଯାଏ । ସେଥିପାଇଁ କୁହାଯାଇଛି ଜଳହିଁ ଜୀବନ । ତେଣୁ ଏଥିପାଇଁ କୁହାଯାଏ ଯଦି ଭୋକିଲା ଲୋକକୁ କିଛି ଖାଦ୍ୟ କିମ୍ବା ଶୋଇଲା ଲୋକଙ୍କୁ ଜଳଦାନ କରାଯାଏ ତେବେ ତାହା ସର୍ବଶେଷ୍ଠ ଦାନରେ ପରିଗଣତି ହୋଇଥାଏ, ଦାନ କରିଥିବା ବ୍ୟକ୍ତି ମୋକ୍ଷ ପ୍ରାପ୍ତି କରିଥାଏ ।

## ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ

ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ ।

# ପୁରାଣ କାହାଣୀ

## ପଣ୍ଡୁ ଓଷା



ମାର୍ଗଶିର ମାସର ପୂର୍ଣ୍ଣମା ଦିନ ଏହି ଓଷା ପାଳନ କରାଯାଏ। ମାର୍ଗଶିର ପୂର୍ଣ୍ଣିମାକୁ ପଣ୍ଡୁ ପୂର୍ଣ୍ଣିମା ମଧ କୁହାଯାଏ। ଏହି ସମୟରେ ହେମନ୍ତ ଋତୁ ସରି, ଶୀତର ଆରମ୍ଭ ହେଉଥାଏ। ସକାଳୁ ସକାଳୁ କୁହୁଡି ହେତୁ ସର୍ବତ୍ର ଫିକାଧଳା ବା ପାଣ୍ଡୁରା ବର୍ଣ୍ଣ ଦିଶୁଥାଏ। ଏଣୁ ଏହି ପୂର୍ଣ୍ଣିମାର ନାଁ ପଣ୍ଡୁ ପୂର୍ଣ୍ଣିମା କୁହାଯାଏ। ବଡ ଓଷା ପରି ଏହି ବ୍ରତକୁ ଗଜ ବସାଇ ପାଳନ କରାଯାଏ। ନାରୀମାନେ ଏହି ବ୍ରତ ମାଧ୍ୟମରେ ଯମରାଜଙ୍କୁ ପୂଜା ବା ଉପାସନା କରନ୍ତି। ଏହାର ମୁଖ୍ୟ ଉଦ୍ଦେଶ୍ୟ ପୁତ୍ର ସନ୍ତାନ କାମନା। ଏହି ବ୍ରତ ପାଳନରେ କିଛି ସ୍ୱତନ୍ତ୍ର ବିଧି ରହିଛି। ଏଥି ପାଇଁ ଗୃହ ଚଟାଣକୁ ଗୋବରରେ ଚକ୍କଣ କରି ଲିପାଯାଏ। ଚିତା ଓ ମୁରୁଜ ତା' ଉପରେ ପକାଯାଏ। ଗଜକୁ ସ୍ଥାପନ କରାଯାଏ ଏବଂ ପୂଜନ ବିଶେଷକରି ପୁରୋହିତଙ୍କ ଦ୍ୱାରା ଯମରାଜଙ୍କୁ ଆବାହନ, ପୂଜନ ଏବଂ ନୈବେଦ୍ୟ ଅର୍ପଣ ପୂର୍ବକ ଭକ୍ତି ପ୍ରଣତି ବଢ଼ାଯାଏ। ଏହି ପୂଜାର ମୁଖ୍ୟ ଭୋଗ ହେଉଛି ମଣ୍ଡା ପିଠା। ପୂର୍ବ ପ୍ରସ୍ତୁତି ଅନୁଯାୟୀ ନୂଆ ଗୋବର ଲିପା ଟୋକେଇ ବା ପାଛିଆରେ ପୁରୁଣା ଧାନ ଆଣି ଢ଼ିଙ୍କିରେ କୁଟି ଚାଉଳ କରାଯାଏ। ଏହି ଚାଉଳକୁ ପୁଣି ଚୂନା କରି ସେଥିରେ ନଡିଆ ଦେଇ ନଡିଆ ମଣ୍ଡା କରାଯାଏ ଓ ପୂଜାଭୋଗ କରାଯାଏ। ଏହା ସହିତ ଖଇ, କଦଳୀ, ଫଳ ଏବଂ ଛେନା ଆଦି ଭୋଗ ମଧ ବଢ଼ାଯାଏ। ପଣ୍ଡୁଓଷା ଏକ ନିଷ୍ଠାର ବ୍ରତ। ନାରୀଜାତି ବିଶେଷ କରି ମା'ମାନଙ୍କ ପାଇଁ ଏହା ଗୁରୁତ୍ୱପୂର୍ଣ୍ଣ ଅଟେ।

## ପଠାଣି ସାମନ୍ତ



ଆଜିର ଦିନରେ ମହାମହୋପାଧ୍ୟୟ ସାମନ୍ତ ଚନ୍ଦ୍ରଶେଖରଙ୍କ ଜନ୍ମ ଦିନ ପାଳନ କରାଯାଉଛି । ୧୮୩୫ ମସିହା ଡିସେମ୍ବର ୧୩ ତାରିଖରେ ପୌଷ କୃଷ୍ଣ ଅଷ୍ଟମୀ ତିଥିରେ ଚନ୍ଦ୍ରଶେଖର ଖଣ୍ଡପଡାର ଏକ ରାଜବଂଶରେ ଜନ୍ମ ଗ୍ରହଣ କରିଥିଲେ। ବହୁ ସନ୍ତାନ ନଷ୍ଟ ହୋଇଯିବା ପରେ ମାତାପିତା ଚନ୍ଦ୍ରଶେଖରଙ୍କର ଦୀର୍ଘାୟୀ ଓ ମଙ୍ଗଳ କାମନା କରିଥିଲେ। ପରେ ଖଣ୍ଡପଡା ନିକଟସ୍ଥା ଖୁଣ୍ଟୁପଡା ନିକଟସ୍ଥ ଖୁଣ୍ଟୁପଡା ଗ୍ରାମସ୍ଥିତ ମହାଦେବ ଶ୍ରୀ ଶ୍ରୀ ଚନ୍ଦ୍ରଶେକରଙ୍କ ପ୍ରସାଦରୁ ଏହି ବାଳକ ଜନ୍ମ ଗ୍ରହଣ କରିଥିବାର ବିଶ୍ୱାସ କରି ପିତାମାତା ତାଙ୍କର ନାମ ଚନ୍ଦ୍ରଶେଖର ରଖିଥିଲେ। ଡାକ ନାମ ତାଙ୍କର ପଠାଣି ବି ଥିଲା । ପଠାଣିଙ୍କର ପୂରା ନାମ ହେଉଛି ଚନ୍ଦ୍ରଶେଖର ସିଂହ ହରିଚନ୍ଦନ ମହାପାତ୍ର। ଚନ୍ଦ୍ରଶେଖର ପିଲାବେଳୁ ଉଦାସୀନ, ମନଯୋଗୀ, ଏକାଗ୍ରଚିତ୍ତ, ଅଧ୍ୟବସାୟୀ ଓ ଉଦାରମନା ଥିଲେ। ବିଚିତ୍ରବର୍ଣ୍ଣ। ବ୍ରହ୍ମଣ୍ଡର ନାକ୍ଷତ୍ରିକ ଗତିବିଧି ପ୍ରତି ଆକୃଷ୍ଟ ହୋଇଥିଲେ ସେ। ଜ୍ୟୋତିଷବିଦ୍ୟା ଜାଣିବା ପାଇଁ ଆଗ୍ରହୀ ହୋଇ ଦଶବର୍ଷ ବୟସରେ ପଠାଣି ନିଜ ବାପାଙ୍କ ଠାରୁ କିଛରି ଜ୍ୟୋତିର୍ବିଜ୍ଞାନ ଶିଖିଥିଲେ। ସେତେବେଳେ ତାଙ୍କ ବାପା ଜଣେ ପ୍ରଧାନ ଗାଣିତିକ ଥିଲେ। ବାପାଙ୍କ ସହିତ ଗଣିତ ଜ୍ୟୋତିଷର ଆଲୋଚନା ମାଧ୍ୟମରେ ଶିକ୍ଷା ଲାଭ କରିଥିଲେ। ସେ ପୁରାତନ ଜ୍ୟୋତିଷ ଶାସ୍ତ୍ରମାନ ପର୍ଯ୍ୟାଲୋଚନା କରି ତାରା ଜଗତର ଗତିବିଧି ଅନୁଧ୍ୟାନ କରିବା ସହ ସୂକ୍ଷ୍ମ ଯନ୍ତ୍ରମାନ ଉଦ୍ଭାବନ କରିଥିଲେ। ଦୁଇଟି ବାଉଁଶ ନଳ ସାହାଯ୍ୟରେ ଦୂର ପାହାଡକୁ ମାପି ଦୂରବୀକ୍ଷଣ ଯନ୍ତ୍ର ନିର୍ମାଣ କରିଥିଲେ। ପଠାଣୀ ସାମାନ୍ତ ୧୮୬୯ ରେ 'ସିଦ୍ଧାନ୍ତ ଦର୍ପଣ' ଲେଖିବା ଆରମ୍ଭ କରିଥିଲେ। ୧୮୯୨ ରେ ଏହି ଗ୍ରନ୍ଥ ରଚନା ଲେଖା ଶେଷ ହୋଇଥିଲା। ସିଦ୍ଧାନ୍ତ ଦର୍ପଣ ମୂଳତଃ ସଂସ୍କୃତ ଭାଷାରେ ଶ୍ଳୋକ ମାନଙ୍କରେ ରଚିତ, ଗ୍ରନ୍ଥଟିରେ ରହିଛି ଚବିଶଟି ପ୍ରକାଶ (ସର୍ଗ)। ଏହି ଗ୍ରନ୍ଥର ମୋଔଟ ଶ୍ଳୋକ ସଂଖ୍ୟା ୨୫୦୦। ଏଥିରେ ପାଟି ଗଣିତ, ବୀଜଗଣିତ, ସ୍ଥୁଳ ଓ ସୂକ୍ଷ୍ମଗ୍ରହ ଗଣନା, ପଜୟାଦିର ବାଖ୍ୟା, ନଦୀ ଓ ପାହାଡମାନଙ୍କର ଭୌଗଳିକ ମାସ ଓ ସ୍ଥିତି ଆଦି ଆରାଧ୍ୟ ଦେବତା ଶ୍ରୀଜଗନ୍ନାଥ ଓ ଶ୍ରୀକୃଷ୍ଣଙ୍କ ଆଶୀର୍ବାଦ ଭିକ୍ଷା କରାଯାଇଛି। ନିରବଚ୍ଛିନ୍ନ ଅଧ୍ୟବସାୟ, ଇଚ୍ଛାଶକ୍ତି ଓ ଅବିଶ୍ରାନ୍ତ ଗବେଷଣା ଫଳରେ ଦୂରଦୂରାନ୍ତର ଜ୍ୟୋତିଷ ମଣ୍ଡଳର ଗ୍ରହ ନକ୍ଷତ୍ରର ସ୍ଥିତି ଓ ଚଳନ ନିର୍ଭୁଲ ଭାବେ ଗଣନା କରିପାରୁଥିଲେ ପଠାଣି ସାମନ୍ତ।

# ଆଜିର ଭାଗ୍ୟ


ମେଷ
ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।


ବୃଷ
ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।


ମିଥୁନ
ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।


କର୍କଟ
ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।


ସିଂହ
ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୱ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।


କନ୍ୟା
ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।


ତୁଳା
ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।


ବିଛା
ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।


ଧନୁ
ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।


ମକର
କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।


କୁମ୍ଭ
ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।


ମୀନ
ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।

## ସିଂହ ସହିତ ବନ୍ଧୁତା



ସିଂହ, ବାଘ ଭଳି ହିଂସ୍ର ଜନ୍ତୁଙ୍କର ନାମ ଶୁଣିଲେ ସମସ୍ତଙ୍କ ମନରେ ଭୟ ଆସିଯାଏ । କିନ୍ତୁ ଜଣେ ଝିଅ ଅଛି ଯିଏ ସିଂହ ଓ ବାଘମାନଙ୍କ ଗହଣରେ ବିନା ଡରଭୟରେ ରହିଥାଏ । ହଁ, ଆଜ୍ଞା ନାମ୍ବିୟାର ବୁଶ ଗର୍ଲ ନାମରେ ପ୍ରସିଦ୍ଧ ମାର୍ଲିସି ଭାନଡେର ମେରୱେ ବିନା ଡରରେ ସିଂହ ଓ ବାଘ ପାଖକୁ ଯାଇଥାନ୍ତି । ସୋସିଆଲ ସାଇଡ଼ରେ ବି ଏହି ଝିଅର ସାହସିକତା ଭିଡ଼ିଓ ଭାଇରାଲ ହୋଇସାରିଲାଣି ଓ ସେ ଝିଅଟି ସେନ୍ ବୁସମେନ୍ ସମୁଦାୟ ପାଖରେ ରହୁଥିବା କାରଣରୁ ତାକୁ ବୁସ୍ ଗର୍ଲର ନାମ ଦିଆଯାଇଛି । କହି ରଖୁଛୁ ନାମ୍ବିୟାର ପ୍ରସିଦ୍ଧ ସଂରକ୍ଷଣବାଦୀ ଓ ଟିଭି କାର୍ଯ୍ୟକ୍ରମ ପ୍ରସ୍ତୁତକର୍ତ୍ତା ମର୍ଲସି ଯିଏ ୩୦ବର୍ଷରୁ ଏହି ବନ୍ୟ ଜନ୍ତୁଙ୍କ ମଧ୍ୟରେ ରହିଆସୁଛନ୍ତି । କଥା କ'ଣ କି ନାମ୍ବିୟାର ଜାତୀୟ ଉଦ୍ୟାନରେ ବନ୍ୟଜନ୍ତୁଙ୍କ ମଧ୍ୟରେ ତାଙ୍କ ପିତାଙ୍କର ଫାର୍ମ ହାଉସ ଅଛି ଓ ସେଠି ୯ରୁ ଅଧିକ ଜଙ୍ଗଲୀ ଚିତା ଅଛନ୍ତି । ମର୍ଲସି ଚିତାମାନଙ୍କୁ ଡରିବା ପରିବର୍ତ୍ତେ ଚିତାମାନେ ତାଙ୍କର ବୋଲମାନନ୍ତି । ମର୍ଲସି ବିନା ଭୟରେ ତାଙ୍କର ମୋଟର ଗାଡ଼ି ଧରି ଚାଲିଯା'ନ୍ତି ଚିତାଙ୍କ ଗହଣକୁ। ଚିତା ଯେତେବେଳେ ଆକ୍ରମଣ କରିବା ପାଇଁ ଆସନ୍ତି ମର୍ଲସିଙ୍କୁ ଦେଖି ଶାନ୍ତ ହୋଇଯା'ନ୍ତି ।

## ସୁସ୍ଥ ପରିବେଶ ପାଇଁ ଅଶ୍ୱଥଙ୍କ ଉଦ୍ୟମ

ପରିବେଶକୁ ସୁହାଇବା ଭଳି ପଦକ୍ଷେପ ନେବାର ଆଇନକାନୁନ୍ ବନିଯାଉଛି। କାଗଜରେ ନିର୍ଦ୍ଦେଶ ବି ଆସୁଛି। ହେଲେ ତୃଣମୂଳ ସ୍ତରରେ ପରିବର୍ତ୍ତନର ଧାରା ଆଦୌ ଆରମ୍ଭ ହେଉନାହିଁ। ତା'ର କାରଣ ହେଲା, ସେହି ଜିନିଷ ବଦଳରେ ପରିବେଶ ଉପଯୋଗୀ ଜିନିଷର ଚଳନ କରୁନାହାନ୍ତି କେହି। ଏ ଅଭାବକୁ ବୁଝି ଜଣେ ଯୁବକ ନିଜ ବ୍ୟକ୍ତିଗତ ପ୍ରୟାସରେ ପଲିଥିନ୍ ବ୍ୟାଗ୍ ବଦଳରେ ପରିବେଶ ଉପଯୋଗୀ ବ୍ୟାଗ୍ ତିଆରି କରି ନିଜ ସହରର କଲ୍ୟାଣ ଦିଗରେ ଦେଉଛନ୍ତି ବଡ଼ ଯୋଗଦାନ।...ବାଙ୍ଗାଲୋର ନଗରନିଗମ ପକ୍ଷରୁ ୨୦୧୨ରେ ସ୍ୱାସ୍ଥ୍ୟ ତଥା ପରିବେଶ ପାଇଁ ହାନିକାରକ ହେତୁ ପଲିଥିନର ବ୍ୟବହାର ବନ୍ଦ କରାଯାଇଥିଲା। କିନ୍ତୁ ଲୋକମାନଙ୍କ ପାଇଁ କୌଣସି ବିକଳ୍ପର ସୁବିଧା କରାଯାଇନଥିଲା। ଯାହାକି ସାଧାରଣ ଲୋକମାନଙ୍କ ପାଇଁ ଅନେକ ସମସ୍ୟା ସୃଷ୍ଟି କରିଥିଲା। ଆଉ ନିଜ ସହରବାସୀଙ୍କ ଏହି ସମସ୍ୟା ଅଶ୍ୱଥଙ୍କ ଚିନ୍ତାର କାରଣ ପାଲଟିଥିଲା। ସେ ଏହାକୁ ଦୂର କରିବା ଯୋଜନାର ଅନୁସନ୍ଧାନରେ ଲାଗିଯାଇଥିଲେ। ପ୍ରାୟ ଚାରିବର୍ଷର ପ୍ରସ୍ତୁତି ଓ ପ୍ରୟାସ ପରେ ଅଶ୍ୱଥ ପ୍ରତିଷ୍ଠା କଲେ 'ଏନଭିଗ୍ରୀନ' ନାମରେ ଏକ କମ୍ପାନୀ। ଏହି କମ୍ପାନୀ ଲୋକମାନଙ୍କୁ ଯୋଗାଇଦେଉଛି ପରିବେଶ ଅନୁକୂଳ ବିଭିନ୍ନ ବ୍ୟାଗ। ପ୍ଲାଷ୍ଟିକ ବ୍ୟାଗ ପରି ଦେଖାଯାଉଥିବା ଏହି ବ୍ୟାଗ ଗୁଡିକର ପ୍ରସ୍ତୁତ ପ୍ରଣାଳୀ ସମ୍ପୂର୍ଣ୍ଣ ଭିନ୍ନ ହୋଇଥାଏ। ବିନା କୌଣସି ରସାୟନିକ ସାମଗ୍ରୀର ବ୍ୟବହାରରେ କେବଳ ଆଳୁ, ପାଳୁଅ, କଦଳୀ, ତେଲ ଇତ୍ୟାଦି ୧୨ଟି ସାମଗ୍ରୀର ବ୍ୟବହାର କରାଯାଇ ପ୍ରସ୍ତୁତ କରାଯାଉଛି ବ୍ୟାଗ। ପ୍ରଥମେ ଏହି କଞ୍ଚାମାଲ ଗୁଡିକୁ ଏକ ତରଳ ପଦାର୍ଥରେ ପରିଣତ କରାଯାଇ ପରକୁ ପର ୬ଟି ଧାରାରେ ଗତି କରାଯାଇ ଏହା ପ୍ରସ୍ତୁତ କରାଯାଏ। ଏହି ବ୍ୟାଗ ଗୁଡ଼ିକୁ ଗୋଟିଏ ଗ୍ଲାସ ଥଣ୍ଡା ପାଣିରେ ବୁଡାଇ ରଖିଲେ ଗୋଟିଏ ଦିନରେ ଏହା ମିଳାଇଯିବ ଏବଂ ଯଦି ଗରମ ପାଣିରେ ଏହାକୁ ରଖାଯାଏ ତେବେ ମାତ୍ର ୧୫ ସେକେଣ୍ଡରେ ଏହା ମିଳାଇଯିବ। ବ୍ୟବହାର ଅନୁପୋଯୋଗୀ ହେବା ପରେ ଏହାକୁ ଫୋପାଡି ଦେବା ପରେ ଖୁବ୍ କମ୍ ଦିନ ମଧ୍ୟରେ ଏହା ମାଟିରେ ମିଳାଇଯିବ। ସମ୍ପୂର୍ଣ୍ଣ ଭାବେ ଖାଦ୍ୟପଦାର୍ଥରେ ପ୍ରସ୍ତୁତ ହୋଇଥିବାରୁ କୌଣସି ପଶୁ ଖାଇଲେ ମଧ୍ୟ ତାଙ୍କ



ସ୍ୱାସ୍ଥ୍ୟ ପକ୍ଷେ ହାନିକାରକ ହେବ ନାହିଁ। କର୍ଣ୍ଣାଟକ ରାଜ୍ୟ ପ୍ରଦୂଷଣ କଣ୍ଟ୍ରୋଲ ବୋର୍ଡ ପକ୍ଷରୁ ମଧ୍ୟ ଏହି ବ୍ୟାଗକୁ ନେଇ ଅନେକ ପରୀକ୍ଷଣ କରାଯାଇଛି। ଏହି ବ୍ୟାଗ ଗୁଡିକୁ ଜଳାଇବା ଦ୍ୱାରା ନା ଏହା ତରଳୁଛି, ନାହିଁ ଏଥିରୁ କୌଣସି ରାସାୟନିକ ପଦାର୍ଥ କ୍ଷରଣ ହେଉଛି। ସେଣ୍ଟ୍ରାଲ ଇନଷ୍ଟିଚ୍ୟୁଟ ଅଫ୍ ପ୍ଲାଷ୍ଟିକ ଇଜିନିୟରିଂ ଏବଂ ଶ୍ରୀରାମ ଇନଷ୍ଟିଚ୍ୟୁଟ ଫର୍ ଇଣ୍ଡଷ୍ଟ୍ରୀଆଲ୍ ରିସର୍ଚ୍ଚ ପକ୍ଷରୁ ମଧ୍ୟ ଏହାର ପରୀକ୍ଷଣ କରାଯାଇ ବ୍ୟବହାର ନିମନ୍ତେ ଅନୁମତି ଦିଆଯାଇଛି। ସମସ୍ତ କ୍ଷେତ୍ରରୁ ଅନୁମତି ପାଇବା ପରେ ଅଶ୍ୱଥ ନିଜ ଟିମ୍ ର ୬୦ଜଣ ସଦସ୍ୟଙ୍କ ସହ ମିଶି ବାଙ୍ଗାଲୋରଠାରେ ଏକ କାରଖାନା ପ୍ରତିଷ୍ଠା କରିଛନ୍ତି। ଏହି କାରଖାନାରୁ ପ୍ରତି ମାସରେ ପ୍ରାୟ ୧ହଜାର ମେଟ୍ରିକ ଟନ୍ ବ୍ୟାଗ୍ ପ୍ରସ୍ତୁତ କରାଯାଉଛି। ତାଙ୍କର ଏହି ପ୍ରୟାସ ଦ୍ୱାରା କର୍ଣ୍ଣାଟକ ଗ୍ରାମାଞ୍ଚଳର କୃଷକ ମାନେ ମଧ୍ୟ ଲାଭବାନ ହୋଇପାରୁଛନ୍ତି। କମ୍ପାନୀ ସେମାନଙ୍କ ଠାରୁ କଞ୍ଚାମାଲ କିଣିବା ସହ ସେମାନଙ୍କୁ କଞ୍ଚାମାଲ ଉତ୍ପାଦନ ପାଇଁ ବିହନ ଯୋଗାଇ ଦେଉଛି। ଭାରତର ସବୁ ସ୍ଥାନରେ ଏହି ବ୍ୟାଗ ଗୁଡିକ ବର୍ତ୍ତମାନ ପର୍ଯ୍ୟନ୍ତ ମିଳିପାରିନାହିଁ କିନ୍ତୁ ଅଶ୍ୱଥଙ୍କ କାର୍ଯ୍ୟସ୍ଥଳ କତରରେ ଏହା ଉପଲବ୍ଧ ହୋଇପାରୁଛି। ଅଶ୍ୱଥଙ୍କ କହିବାନୁଯାୟୀ, କେବଳ ବାଙ୍ଗାଲୋର ପରି ସହରରେ ପ୍ରତି ମାସରେ ପ୍ରାୟ ୩୦ହଜାର ମେଟ୍ରିକ ଟନ୍ ବ୍ୟାଗର ଆବଶ୍ୟକ ହୋଇଥାଏ। ତେଣୁ ସମସ୍ତ ସହରରେ ଏହାର ବ୍ୟବହାର ପାଇଁ ଅଧିକ କାରଖାନା ପ୍ରତିଷ୍ଠା କରିବାର ଲକ୍ଷ୍ୟ ରଖିଛୁ। ବର୍ତ୍ତମାନ ପର୍ଯ୍ୟନ୍ତ ରିଲାଏନ୍ସ ପରି କମ୍ପାନୀ ମାନଙ୍କୁ ବ୍ୟାଗ ଯୋଗାଇ ଦିଆଯାଇଛି। ଚଳିତ ଡିସେମ୍ବରଠାରୁ ସେମାନେ ଏହାର ବ୍ୟବହାର ଆରମ୍ଭ କରିଦେଇଛନ୍ତି। ପରିବେଶ ସୁରକ୍ଷା ଦିଗରେ ଅଶ୍ୱଥଙ୍କ ଏହି ପ୍ରୟାସକୁ ଅନେକ ପରିବେଶବିତ୍ ପ୍ରଶଂସା କରିଛନ୍ତି।




# ଗୋଟିଏ ମୁର୍ମୁଙ୍କୁ ମୋହରା କରି କୋଟିଏ ଆଦିବାସୀଙ୍କୁ ପ୍ରତାରଣା



ଭୁବନେଶ୍ୱର (ପିଏନ୍)-ଦେଶରେ ଅନୁଷ୍ଠିତ ହେବାକୁ ଯାଉଥିବା ଆଗାମୀ ରାଷ୍ଟ୍ରପତି ନିର୍ବାଚନରେ ଏନଡିଏର ପ୍ରାର୍ଥୀ ଭାବରେ ବରିଷ୍ଠ ବିଜେପି ନେତ୍ରୀ ତଥା ପୂର୍ବତନ ଝାଡ଼ଖଣ୍ଡ ରାଜ୍ୟପାଳ ଶ୍ରୀମତୀ ଦ୍ରୌପଦୀ ମୁର୍ମୁଙ୍କୁ ପ୍ରାର୍ଥୀ କରାଯିବା ପରେ ମାଟି ଓ ପାର୍ଟିକୁ ନେଇ ଯେଉଁ ରାଜନୀତି ଉଭୟ ବିଜେପି ଓ ବିଜେଡ଼ି ଆରମ୍ଭ କରିଛନ୍ତି, ତାକୁ କଂଗ୍ରେସ ନାପସନ୍ଦ କରିବା ସହିତ ସରଳ ଆଦିବାସୀଙ୍କର ଭାବାବେଗ ସହିତ ନ ଖେଳି ତାଙ୍କର କଲ୍ୟାଣ ନିମନ୍ତେ କାର୍ଯ୍ୟ କରିବାକୁ ପରାମର୍ଶ ଦେଇଛି । ଆଜିର ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟ ଠାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ପିସିସି ଗଣମାଧ୍ୟମ ଆବାହକ ସତ୍ୟପ୍ରକାଶ ନାୟକ ଉଭୟ ବିଜେପି ଏବଂ ବିଜେଡ଼ିକୁ ଆଦିବାସୀ ସ୍ୱାର୍ଥବିରୋଧୀ ଦଳ ଭାବରେ ଅଭିହିତ କରିବା ସହିତ କଡ଼ା ସମାଲୋଚନା କରି କହିଛନ୍ତି ଯେ ଓଡ଼ିଶାର ମୁଖ୍ୟମନ୍ତ୍ରୀ ଯିଏକି ରାଜ୍ୟରେ ଆଦିବାସୀଙ୍କର ବିକାଶ ପାଇଁ ଗଠିତ ହୋଇଥିବା ଟ୍ରାଇବ୍ ଆଡଭାଇଜରି କାଉନ୍ସିଲ ବା ଆଦିବାସୀ ଉପଦେଷ୍ଟା ସମିତିର ଅଧ୍ୟକ୍ଷ ଥାଇ ମଧ୍ୟ ବିଗତ ୪ ବର୍ଷ ଭିତରେ ଥରୁଟିଏ ହେଲେ ବୈଠକ ଡାକିନାହାନ୍ତି ବା ଡାକିବାକୁ ଉପଯୁକ୍ତ ଭାବିନାହାନ୍ତି । ରାଷ୍ଟ୍ରପତି ନିର୍ବାଚନ ଏକ ରାଜନୈତିକ ପ୍ରକ୍ରିୟା ଏବଂ ଚଳିତ ନିର୍ବାଚନରେ ବିଜେପିର ପ୍ରାର୍ଥୀ ଦ୍ରୌପଦୀ ମୁର୍ମୁଙ୍କୁ ବିଜେଡ଼ି ସମର୍ଥନ ଦେଉଛି । କିନ୍ତୁ ପାର୍ଟି ଓ ମାଟିର ନାରା ଦେଇ ରାଜ୍ୟର ଆଦିବାସୀଙ୍କ ସ୍ୱାର୍ଥରକ୍ଷାକୁ ଅଗ୍ରାଧିକାର ଦେବା ପରିବର୍ତ୍ତେ କଂଗ୍ରେସ ଉପରକୁ ଦୋଷ ଲଦିବା ଅତ୍ୟନ୍ତ ନିନ୍ଦନୀୟ । ପ୍ରାର୍ଥୀତ୍ୱକୁ ନେଇ କଂଗ୍ରେସକୁ ଅଯାଚିତ ଉପଦେଶ ଦେଉଥିବା ବିଜେପି ରାଜ୍ୟର ଏକକୋଟିରୁ ଊର୍ଦ୍ଧ୍ୱ ଆଦିବାସୀମାନଙ୍କର କଲ୍ୟାଣ ନିମନ୍ତେ ଟିଏସିର ବିନା ଅନୁମତିରେ କୋଟି କୋଟି ଟଙ୍କା ବେଆଇନ ଭାବରେ ଖର୍ଚ୍ଚ କରାଯିବାକୁ ନେଇ କାହିଁକି ପ୍ରଶ୍ନ ଉଠାଇନାହିଁ । ରାଷ୍ଟ୍ରପତି ନିର୍ବାଚନ ପୂର୍ବରୁ ବିଜେପି ରାଜ୍ୟ ସଭାପତି ନବୀନବାବୁଙ୍କ ପାଖରେ ଟିଏସି ଗଠନ ଏବଂ ଏହାର ତୁରନ୍ତ ବୈଠକ ଡାକିବା ପାଇଁ ଦାବି ରଖିବ କି ? ମାଟିର ପୁଅ ହିସାବରେ ମିଳିତ ବିରୋଧିଦଳର ପ୍ରାର୍ଥୀ ଯଶୋବନ୍ତ ସିହ୍ନାଙ୍କୁ ବିହାର ବିଜେପି ସମର୍ଥନ ଦେବ କି ? ଓଡ଼ିଶାରେ ୨୦୧୯ ମସିହା ପରଠାରୁ ଟିଏସି ବା ଆଦିବାସୀ ଉପଦେଷ୍ଟା ସମିତି ଗଠନ କରାଯାଇନାହିଁ । ରାଜ୍ୟରେ ଏସ୍‌ଡିସି ବା ସ୍ପେଶାଲ ଡେଭଲପମେଂଟ କାଉନ୍ସିଲ ୯ଟି ଆଦିବାସୀ ଅଧ୍ୟୁଷିତ ଜିଲ୍ଲାରେ କାର୍ଯ୍ୟକରୁଥିବା ବେଳେ ଏହାର ଗଠନ ଏବଂ ପରିଚାଳନା ନେଇ ଟିଏସିର କୌଣସି ଅନୁମୋଦନ ନଥିବା ଅତ୍ୟନ୍ତ ପରିତାପର ବିଷୟ । ବିଗତ ୨୨ ବର୍ଷ ଭିତରେ ଓଡ଼ିଶାରେ ୪୪ଥର ଟିଏସିର ବୈଠକ ବସିବା କଥା; ମାତ୍ର ୧୭ ଥର ବୈଠକ ଅନୁଷ୍ଠିତ ହୋଇଛି । ଅର୍ଥାତ ୨୭ଟି ବୈଠକ ଏପର୍ଯ୍ୟନ୍ତ ବସିନାହିଁ । ରାଜ୍ୟରେ ଆଦିବାସୀଙ୍କ ସଂଖ୍ୟା ୨୨ ପ୍ରତିଶତ ଏବଂ ସର୍ବଭାରତୀୟ ସ୍ତରରେ ତୃତୀୟ ବୃହତମ ହୋଇଥିବା ବେଳେ ବିଗତ ଦୁଇବର୍ଷ ଧରି କେନ୍ଦ୍ର ମୋଦି ସରକାରଙ୍କର ଆଦିବାସୀମାନଙ୍କ ନିମନ୍ତେ ଆସୁଥିବା ସ୍ୱତନ୍ତ୍ର ଅନୁଦାନକୁ ବନ୍ଦ କରି ରଖାଯିବା କାହା ସ୍ୱାର୍ଥରେ ବୋଲି ପ୍ରଶ୍ନ କରିଛି କଂଗ୍ରେସ । ମୋଦି ସରକାରଙ୍କ ଆଦିବାସୀମାରଣ ନୀତି ବିରୁଦ୍ଧରେ ରାଜ୍ୟ ବିଜେଡ଼ି ସ୍ୱରଉତୋଳନ କରିବା ସହିତ ବିଗତ ଦୁଇବର୍ଷ ଧରି ବନ୍ଦ ଥିବା ସ୍ୱତନ୍ତ୍ର ଅନୁଦାନ ପାଇଁ ମୋଦି ସରକାରଙ୍କ ପାଖରେ ଦାବି ରଖିବ କି ? କଳିଙ୍ଗ ନଗର ଆଦିବାସୀ ନରସଂହାର ଘଟଣା ସମୟରେ ବିଜେପି-ବିଜେଡ଼ି ଗଠବନ୍ଧନ ସରକାରରେ ମନ୍ତ୍ରୀ ଥିବା ଶ୍ରୀମତୀ ଦ୍ରୌପଦୀ ମୁର୍ମୁ ବିଧାନସଭାରେ ହୋଇଥିବା ଆଲୋଚନାରେ ଅଂଶଗ୍ରହଣ କରି ନ ଥିଲେ କି ଏ ସଂପର୍କରେ ପାଟି ଖୋଲି ନ ଥିଲେ । ବାସ୍ତବରେ ପାର୍ଟିର ଦ୍ୱାହି ଦେଇ ମାଟିକୁ ମାରା କରିଛନ୍ତି ଉଭୟ କ୍ଷମତାରେ ଥିବା ବିଜେପି ଓ ବିଜେଡ଼ି । ଓଡ଼ିଶାରେ ଜନସଂଖ୍ୟାର ୨୨ ପ୍ରତିଶତ ଆଦିବାସୀ ବିଗତ ୨୨ ବର୍ଷଧରି ଶିକ୍ଷା, ସ୍ୱାସ୍ଥ୍ୟ, ଗମନାଗମନ, କୃଷି ଭଳି ଅନେକ କ୍ଷେତ୍ରରେ ପଛୁଆ ହୋଇ ରହିଛନ୍ତି । ଖୋଦ ଦ୍ରୌପଦୀ ମୁର୍ମୁଙ୍କ ଗାଁକୁ ୨୨ ବର୍ଷଧରି ବିଜୁଳି ସଂଯୋଗ ନଥିବା ପ୍ରମାଣିତ କରୁଛି ଯେ ଉଭୟ ବିଜେପି ଓ ବିଜେଡ଼ି ଆଦିବାସୀଙ୍କ ସ୍ୱାର୍ଥକୁ ନେଇ କେତେ ଗମ୍ଭୀର ! ନିକଟରେ କେନ୍ଦୁଝର ଜିଲ୍ଲାପାଳଙ୍କୁ ଆଦିବାସୀ ଶୋଷଣ କାର୍ଯ୍ୟ ବିରୋଧରେ ଜାତୀୟ ମାନବାଧିକାର କମିଶନଙ୍କ ନିକଟରେ ଉପସ୍ଥିତ ହେବାପାଇଁ ସମନ ଏବଂ ତାକୁ ନେଇ ରାଜ୍ୟ ସରକାର କୋର୍ଟଙ୍କ ଦ୍ୱାରସ୍ଥ ହେବା ଆଦିବାସୀ ଶୋଷଣର ଆଉ ଏକ ନମୁନା । ଆଦିବାସୀଙ୍କ ନ୍ୟାଯ୍ୟ ଦାବି ଓ ଅଧିକାର ପାଇଁ ପ୍ରଦେଶ କଂଗ୍ରେସ ସବୁବେଳେ ଲଢ଼େଇ ପାଇଁ ପ୍ରସ୍ତୁତ ରହିଛି ଏବଂ ଏ କ୍ଷେତ୍ରରେ ହୀନ ରାଜନୀତିକୁ ପ୍ରଶ୍ରୟ ଦେବା ଉଚିତ ନୁହେଁ ବୋଲି ଶ୍ରୀ ନାୟକ ମତବ୍ୟକ୍ତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ମୁଖପାତ୍ର ମନୋରଂଜନ ଦାଶ, ପ୍ରଶାନ୍ତ ଶତପଥି, ଗଣମାଧ୍ୟମ ସଂଯୋଜକ ଦୀପକ ମହାପାତ୍ର ଉପସ୍ଥିତ ଥିଲେ ।

## ପିସିସି ପକ୍ଷରୁ ଉତ୍କଳମଣି ଗୋପବନ୍ଧୁଙ୍କ ଶ୍ରାଦ୍ଧ ଦିବସ ପାଳିତ

ଭୁବନେଶ୍ୱର (ପିଏନ୍- ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ପ୍ରଥମ ସଭାପତି ଉତ୍କଳମଣି ଗୋପବନ୍ଧୁ ଦାସଙ୍କ ଶ୍ରାଦ୍ଧ ଦିବସ ପିସିସି ପକ୍ଷରୁ ପାଳିତ ହୋଇଯାଇଛି । ସକାଳେ ଭୁବନେଶ୍ୱର ଗୋପବନ୍ଧୁ ଛକସ୍ଥିତ ଗୋପବନ୍ଧୁଙ୍କ ପ୍ରତିମୂର୍ତ୍ତିରେ ପିସିସି ପକ୍ଷରୁ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା । ପରେ ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟରେ ଗୋପବନ୍ଧୁଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧାସୁମନ ଅର୍ପଣ କରାଯାଇଥିଲା । ଗତକାଲିର ଏହି କାର୍ଯ୍ୟକ୍ରମରେ ନିରଂଜନ ପଟ୍ଟନାୟକ, ପ୍ରସାଦ ହରିଚନ୍ଦନ, ସୁରେଶ କୁମାର ରାଉତରାୟ, ଶିବାନନ୍ଦ ରାୟ, ମନୋରଂଜନ ଦାଶ, ଅମିୟ ପଟ୍ଟନାୟକ, ଚିନ୍ମୟ



ସୁନ୍ଦର ଦାସ, ଜୟକୃଷ୍ଣ ସୁବୁଦ୍ଧି, ସଂକୁନା କହଁର, ମିହିର ଆଚାର୍ଯ୍ୟ, ସଂଜୟ ମିଶ୍ର, ଜ୍ୟୋତିଷ ସାହୁ, ଦେବେନ୍ଦ୍ର ପ୍ରସାଦ ଦାସ, ଭାସ୍କର ଚନ୍ଦ୍ର ସେଠୀ, ଆଲୋକ ମହାନ୍ତି, କୁଳମଣି ସାହୁ ପ୍ରମୁଖ ଉପସ୍ଥିତ ରହି ଗୋପବନ୍ଧୁଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧାଂଜଳି ଅର୍ପଣ କରିଥିଲେ ।

# ଉତ୍କଳମଣି ଗୋପବନ୍ଧୁଙ୍କ ସେବା ଓ ତ୍ୟାଗର ତୁଳନା ନାହିଁ

ରାଉରକେଲା (ପିଏନ): ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ, ସମାଜ ସଂସ୍କାରକ ତଥା ଓଡିଶା ପ୍ରଦେଶ କଂଗ୍ରେସର ପ୍ରଥମ ସଭାପତି ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାସ ସେବା ଓ ତ୍ୟାଗର ମୂର୍ତ୍ତିମନ୍ତ ପ୍ରତୀକ ଥିଲେ । ତାଙ୍କର ନୀତି ଓ ଆଦର୍ଶ ତଥା କାର୍ଯ୍ୟକ୍ରମ ଯୁଗ ଯୁଗ ପାଇଁ ଓଡିଆ ଜାତିକୁ ଅନୁପ୍ରେରିତ କରିବ ବୋଲି ଗତକାଲି ତାଙ୍କ ୯୪ତମ ଶ୍ରାଦ୍ଧବାର୍ଷିକୀ ଅବସରରେ ଜିଲ୍ଲା କଂଗ୍ରେସ ତରଫରୁ ଅନୁଷ୍ଠିତ ଶ୍ରଦ୍ଧାଂଜଳି ଜ୍ଞାପନ କାର୍ଯ୍ୟକ୍ରମରେ କୁହାଯାଇଛି । ଜିଲ୍ଲା କଂଗ୍ରେସର ଭାରପ୍ରାପ୍ତ ସଭାପତି ଦେବବ୍ରତ ବିହାରୀଙ୍କ ଅଧ୍ୟକ୍ଷତାରେ ସ୍ଥାନୀୟ ଗୋପବନ୍ଧୁପାଲ୍ଲୀଠାରେ ଅବସ୍ଥିତ ଗୋପବନ୍ଧୁଙ୍କ ପ୍ରତିମୂର୍ତ୍ତି ସ୍ଥଳରେ ଏହି ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଥିବା ବେଳେ କଂଗ୍ରେସର ବରିଷ୍ଠ ନେତୃବୃନ୍ଦ ଓ କର୍ମକର୍ତ୍ତାମାନେ ଉପସ୍ଥିତ ରହି ଗୋପବନ୍ଧୁଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ । ଏହି ଅବସରରେ ଅନୁଷ୍ଠିତ ସ୍ମୃତିଚାରଣ ସଭାରେ ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ରଘୁନାଥପାଲ୍ଲୀର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ପ୍ରଶାନ୍ତ ସେଠୀ, ପିସିସି ସଭ୍ୟ ରାମାନନ୍ଦ ଶ୍ରୀଚନ୍ଦନ, ଜିଲ୍ଲା କଂଗ୍ରେସ ଉପସଭାପତି ସନ୍ତୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ ଓ ସବୀର ହୁସେନ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ ପ୍ରମୁଖ ବକ୍ତବ୍ୟ ରଖି ପଣ୍ଡିତଜୀଙ୍କ ଜୀବନୀ ଉପରେ ଆଲୋକପାତ କରିଥିଲେ । ତାଙ୍କ ନୀତି ଓ ଆଦର୍ଶରେ ଅନୁପ୍ରାଣିତ ହୋଇ କଂଗ୍ରେସ କର୍ମୀମାନେ ନିଜ ନିଜକୁ ସମାଜର ଅବହେଳିତ, ନିଷ୍ପେଷିତ ବର୍ଗଙ୍କ ସେବାରେ ନିୟୋଜିତ କରିଲେ ତାହା ପଣ୍ଡିତଜୀଙ୍କ ପ୍ରତି ଶ୍ରେଷ୍ଠ ଶ୍ରଦ୍ଧାଂଜଳି ହେବ ବୋଲି ନେତୃବୃନ୍ଦ ପ୍ରକାଶ କରିଥିଲେ । ଜିଲ୍ଲା କଂଗ୍ରେସ ସଭାପତି କଳ୍ପତରୁ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିବା ବେଳେ ଏଥିରେ ଅନ୍ୟମାନଙ୍କ ମଧ୍ୟରେ ଇନଟକ ଅଧ୍ୟକ୍ଷ ନିହାର ଦାସ, ମୁଖପାତ୍ର କୈଳାସ ସାହୁ, ଓବିସି ଅଧ୍ୟକ୍ଷ ତ୍ରୈଲୋଚନ ସାହୁ, ସାମାଜିକ ଗଣମାଧ୍ୟମ ଉପାଧ୍ୟକ୍ଷ ସୁଧୀର ନାଥ, କାର୍ଯ୍ୟନିର୍ବାହୀ ସଦସ୍ୟ ଦିଲ୍ଲୀପ ଜେନା, ଭାସ୍କର ଖିଲ୍ଲାର ଓ ରୁକସାନା ବେଗମ, ମହିଳା କଂଗ୍ରେସର ନିର୍ମଳା ମହାପାତ୍ର, ସେବାଦଳର ବୁଲୁ ଦାସ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ବରିଷ୍ଠ ନେତା



ବିପିନ ଠାକୁର, ଡେଭିଡ ପ୍ରଧାନ, ଯୁବନେତା ଶେକ ସମିର, ଆଇତା ବାହାଦୁର, ପପୁ ଖାନ, ମୋତିଲାଲ ସାହୁ, ରେହେମାନ ଖାନ ପ୍ରମୁଖଙ୍କ ସମେତ ବହୁ କଂଗ୍ରେସ କର୍ମୀ ଅଂଶଗ୍ରହଣ କରିଥିବା ବେଳେ ଛେଣ୍ଡ କଲୋନୀଠାରେ ୭ ନମ୍ବର ବ୍ଲକ୍ କଂଗ୍ରେସ ସଭାପତି ବିଜୟ ଆପଟଙ୍କ ନେତୃତ୍ୱରେ କଂଗ୍ରେସ ମୁଖପାତ୍ର ଗିରିଜାଶଙ୍କର ମିଶ୍ର, କଂଗ୍ରେସ ନେତା ବସନ୍ତ ସାମଲ, ବନଲତା ବେହେରା, ଧର୍ମେନ୍ଦ୍ର ପରମାର, ଏମ୍‌ଡି ନିଜାମ ପ୍ରମୁଖ ଉପସ୍ଥିତ ରହି ଗୋପବନ୍ଧୁଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

## ପ୍ରଖ୍ୟାତ ଅବଧୂତ ଗୁରୁ ରଘୁବାବାଙ୍କ ପ୍ରତିମୂର୍ତ୍ତି ପ୍ରତିଷ୍ଠା



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ବାରୋ ପଞ୍ଚାୟତର ତ୍ରିଲୋଚନପୁର ଗ୍ରାମସ୍ଥିତ ଶ୍ରୀ ଶ୍ରୀ ସିଦ୍ଧ ଅକ୍ଷୟ ବଟ ମହାପୁରୁଷଙ୍କ ପୀଠସ୍ଥଳିରେ କେନ୍ଦ୍ରାପଡା ମାଟିର ଜଣେ ପ୍ରତିଷ୍ଠିତ ମହାଜ୍ଞାନୀ ଅବଧୂତ ବ୍ରହ୍ମଲୀନ ସନ୍ଥ ରଘୁବାବାଙ୍କର ପ୍ରତିମୂର୍ତ୍ତି ପ୍ରତିଷ୍ଠା କରାଯାଇଛି । ଗୋପବନ୍ଧୁ ରାଉତଙ୍କ ପ୍ରଚେଷ୍ଟାରେ ଗ୍ରାମ ଏବଂ ଅଞ୍ଚଳର ଶ୍ରଦ୍ଧାଳୁ ଭକ୍ତ ମାନଙ୍କ ସହଯୋଗରେ ଶିଳ୍ପୀ ଶ୍ରୀଧର ରାଉତଙ୍କ ଦ୍ୱାରା ଏହି ପ୍ରତିମୂର୍ତ୍ତି ନିର୍ମିତ ହୋଇଛି । ଗରାପୁର ଦିବ୍ୟଜୀବନ ସଙ୍ଘ ଶିବାନନ୍ଦ ଆଶ୍ରମର ଅଧ୍ୟକ୍ଷା ଶ୍ରୀମା ଦିବ୍ୟ ସ୍ୱରୂପାନନ୍ଦ ସରସ୍ୱତୀଙ୍କ ଦ୍ୱାରା ଏହି ପ୍ରତିମୂର୍ତ୍ତି ଉନ୍ମୋଚିତ ହୋଇଥିଲା । ଏହି ପ୍ରତିମୂର୍ତ୍ତି ପ୍ରତିଷ୍ଠା କାର୍ଯ୍ୟକ୍ରମରେ ଆନନ୍ଦମାର୍ଗର ଅବଧୂତ ସନ୍ଥ ବିକିଶାନନ୍ଦଙ୍କ ସହିତ ବ୍ରହ୍ମଚାରୀ ନୃସିଂହ ଦାସ ଏବଂ ଯଜ୍ଞାଚାର୍ଯ୍ୟ ପଣ୍ଡିତ ଗଗନ କୁମାର ଆଚାର୍ଯ୍ୟ ପୂଜାପାଠରେ ସହଯୋଗ କରିଥିଲେ । ପ୍ରତିଷ୍ଠା ଉତ୍ସବରେ ଗ୍ରାମବାସୀ ଓ ସେହି ଅଞ୍ଚଳର ଭକ୍ତ ବଳରାମ ରାଉତ, ବିଷ୍ଣୁ ସ୍ୱାଇଁ, ବିଷ୍ଣୁ ଯେନା, ପ୍ରକାଶ ପ୍ରଧାନ, ସାବିତ୍ରୀ ପରିଡା, ଅମ୍ବିକା ବେହେରା, ଚିତ୍ରସେନ ପାଳ, ଶତୃଘନ ବିଶ୍ୱାଳ, ବୈକୁଣ୍ଠ ପ୍ରଧାନ, ରମେଶ ପ୍ରଧାନ, ନିତ୍ୟାନନ୍ଦ ରାଉତ, ଅକ୍ଷୟ ରାଉତ, ନିରଞ୍ଜନ ପ୍ରଧାନ, କାର୍ତ୍ତିକ ପ୍ରଧାନ, କୈଳାସ ପ୍ରଧାନ, ଗଗନ ସିଂ, ସଞ୍ଜୟ ବାରିକ, ଶ୍ୟାମସୁନ୍ଦର ପ୍ରଧାନ, ମୁଶି, ସାଣ୍ଟା, ମହେନ୍ଦ୍ର ପ୍ରମୁଖ ଭକ୍ତମାନେ ଯୋଗଦେଇ ପ୍ରତିମୂର୍ତ୍ତିରେ ପୁଷ୍ପାଞ୍ଜଳି ଅର୍ପଣ କରିଥିଲେ ।

# ବହୁଚର୍ଚ୍ଚିତ ବାବୁଲି ମହାରଣାଙ୍କୁ ହତ୍ୟା ଉଦ୍ୟମର ମୁଖ୍ୟ ଅଭିଯୁକ୍ତ ଗିରଫ



କେନ୍ଦ୍ରାପଡ଼ା (ପିଏନ୍): ଗତ ୨୦୨୧ ମସିହାରେ ବାବୁଲି ମହାରଣାଙ୍କୁ ହତ୍ୟା ଉଦ୍ୟମ ଘଟଣାର ୨ମୁଖ୍ୟ ଅଭିଯୁକ୍ତଙ୍କୁ ପୋଲିସ ଗିରଫ କରି କୋର୍ଟ ଚାଲାଣ କରିଥିବା ଜଣାପଡିଛି । କେନ୍ଦ୍ରାପଡା ସଦର ଥାନା ଅନ୍ତର୍ଗତ ରାମନଗରପାଟଣାସ୍ଥିତ ଶ୍ରୀରାମ ଟ୍ରାକ୍ଟର ସୋରୁମର ମାଲିକ ବିବେକାନନ୍ଦ ମହାରଣାଙ୍କୁ ତାଙ୍କ ସୋରୁମରେ ୨୦୨୧ ମସିହା ଜୁଲାଇ ମାସ ୧୪ ତାରିଖରେ ଗୁଳି ମାରି ହତ୍ୟା ଉଦ୍ୟମ କରାଯାଇଥିଲା । ପୂର୍ବରୁ ମଧ୍ୟ ତାଙ୍କ ଉପରେ ଆକ୍ରମଣ କରାଯାଇଥିବାରୁ ପୋଲିସ ପକ୍ଷରୁ ତାଙ୍କୁ ସୁରକ୍ଷା ଯୋଗାଇ ଦିଆଯାଇଥିଲା । ଏହି ଘଟଣାକୁ ନେଇ ବିବେକାନନ୍ଦଙ୍କ ସୁରକ୍ଷା କର୍ମୀ ମାନସରଞ୍ଜନ ମହାନ୍ତି ଦୁର୍ବୃତଙ୍କ ନାମରେ କେନ୍ଦ୍ରାପଡା ସଦର ଥାନାରେ ଲିଖିତ ଏତଲା ଦେଇଥିଲେ । ଏଥିନେଇ ଥାନା ପକ୍ଷରୁ ୩୧୯୫/୨୧ରେ ଏକ ମାମଲା ରୁଜୁ କରାଯାଇଥିଲା । ଏହି ଗୁଳିମାଡ ଘଟଣାରେ ମୋଟ ୯ଜଣ ଅଭିଯୁକ୍ତ ସଂପୃକ୍ତ ଥିବାବେଳେ ସେମାନଙ୍କ ମଧ୍ୟରୁ ୫ଜଣଙ୍କୁ ପୂର୍ବରୁ ପୋଲିସ ଗିରଫ କରି କୋର୍ଟ ଚାଲାଣ କରିଥିବା ବେଳେ ଅନ୍ୟ ୪ଜଣ ଅଭିଯୁକ୍ତ ଦୀର୍ଘଦିନ ଧରି ଫେରାର ଥିଲେ । ସେମାନଙ୍କ ମଧ୍ୟରୁ ମୁଖ୍ୟ ଅଭିଯୁକ୍ତ ଟାଉନ ଥାନା ଅନ୍ତର୍ଗତ ଜୟୀପୁରା ଗ୍ରାମର ସେକ ମହତାବ ଓ ତାଜୁଉଦ୍ଦିନ ଖାନ ଘରେ ଥିବାର କୌଣସି ସୁତ୍ରରୁ ପୋଲିସ ଖବର ପାଇଥିଲା । ସଦର ଥାନା ଅଧିକାରୀ ପବିତ୍ର କୁମାର ମହାରଣାଙ୍କ ନିର୍ଦ୍ଦେଶରେ ସଦର ଥାନା ପୋଲିସ ଅଭିଯୁକ୍ତଙ୍କ ଘରେ ଚଢାଉ କରି ସେମାନଙ୍କୁ ଗିରଫ କରିଥିଲେ । ଏହି ୨ ଅଭିଯୁକ୍ତଙ୍କୁ ସଦର ଥାନା ପୋଲିସ କୋର୍ଟ ଚାଲାଣ କରିଥିବା ଜଣାପଡିଛି । ଅଭିଯୁକ୍ତ ଦ୍ୱୟଙ୍କ ନାମରେ ଜିଲ୍ଲା ଏବଂ ଜିଲ୍ଲା ବାହାରର ବିଭିନ୍ନ ଥାନାରେ ବହୁ ମାମଲା ରହିଥିବା ପୋଲିସଠାରୁ ସୂଚନା ମିଳିଛି । କୋର୍ଟରେ ଅଭିଯୁକ୍ତ ଦ୍ୱୟଙ୍କ ଜାମିନ ନାମଞ୍ଜୁର ହେବାରୁ ସେମାନଙ୍କୁ ବାରିମୂଳ ଉପକାରାଗାରାକୁ ପଠାଇଦିଆଯାଇଥିବା ଜଣାପଡିଛି । କିନ୍ତୁ ଏହି ମାମଲାରେ ଅନ୍ୟ ୨ଜଣ ଅଭିଯୁକ୍ତ ଏବେ ମଧ୍ୟ ଫେରାର ଥିବା ଜଣାପଡିଛି ।

## ମୀର ଅହମ୍ମଦ ଅଲ୍ଲୀ ହେଲେ ପ୍ରେରଣା ରାଜ୍ୟ ଯୁବସଂଯୋଜକ



ଭୁବନେଶ୍ୱର (ପିଏନ୍). : ସର୍ବଦା ସବୁଜ ସୁନ୍ଦର ପରିବେଶ ପାଇଁ କାମ କରୁଥିବା 'ପ୍ରେରଣା' ଅନୁଷ୍ଠାନ ତାର ରାଜ୍ୟ ଯୁବ ସଂଯୋଜକ ରୂପେ ଯୁବ ସାମାଜିକ କର୍ମୀ ମୀର ଅହମ୍ମଦ ଅଲ୍ଲୀଙ୍କୁ ଦାୟିତ୍ୱ ପ୍ରଦାନ କରିଛି । ପରିବେଶ ଦିବସରେ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ଶ୍ରୀଯୁକ୍ତ ଅଲ୍ଲୀଙ୍କୁ 'ପ୍ରେରଣା ଗ୍ରୀନ୍ କମାଣ୍ଡାଣ୍ଟ' ରୂପେ ସମ୍ମାନିତ କରିବା ସହ ରାଜ୍ୟ ଯୁବ ସଂଯୋଜକ ରୂପେ ଘୋଷଣା କରିଥିଲେ 'ପ୍ରେରଣା'ର ଅଧ୍ୟକ୍ଷ ତଥା ଖୋର୍ଦ୍ଧାର ପୂର୍ବତନ ବିଧାୟକ ଶ୍ରୀଯୁକ୍ତ ଦିଲ୍ଲୀପ ଶ୍ରୀଚନ୍ଦନ । ଶ୍ରୀଯୁକ୍ତ ଅଲ୍ଲୀ ଏହି ପ୍ରେରଣା ଅନୁଷ୍ଠାନ ସହ ଜଡ଼ିତ ହୋଇ ଦୀର୍ଘଦିନ କରିଥିବା କାର୍ଯ୍ୟକୁ ଶ୍ରୀଯୁକ୍ତ ଶ୍ରୀଚନ୍ଦନ ଭୂୟସୀ ପ୍ରଶଂସା କରିଥିଲେ । ଏହି କାର୍ଯ୍ୟକ୍ରମରେ 'ସମ୍ବାଦ'ର ସମ୍ପାଦକ ତଥା ଖଣ୍ଡପଡ଼ାର ମାନ୍ୟବର ବିଧାୟକ ଶ୍ରୀଯୁକ୍ତ ସୌମ୍ୟରଞ୍ଜନ ପଟ୍ଟନାୟକ, ବରିଷ୍ଠ ରାଜନେତା ତଥା ଜଟଣୀର ମାନ୍ୟବର ବିଧାୟକ ସୁରେଶ କୁମାର ରାଉତରାୟ, ପୂର୍ବତନ ଶାସନ ସଚିବ ସହଦେବ ସାହୁ, ଚଳଚ୍ଚିତ୍ର ଅଭିନେତା ଚନ୍ଦନ କର ପ୍ରମୁଖ ଉପସ୍ଥିତ ଥିଲେ । ଯୁବ ସଂଯୋଜକ ରୂପେ ଦାୟିତ୍ୱ ଦେଇଥିବାରୁ ଶ୍ରୀଯୁକ୍ତ ଅଲ୍ଲୀ ପ୍ରେରଣାର ଅଧ୍ୟକ୍ଷଙ୍କୁ କୃତଜ୍ଞତା ଜଣାଇବା ସହ ନିଜ କାମ ସୁଚାରୁରୂପେ କରିବେ ବୋଲି ଆଶାବାଦୀ ଅଛନ୍ତି । ପ୍ରତି ଜିଲ୍ଲା ଯୁବ ସଂଯୋଜକଙ୍କୁ ବାଛି ଜୁଲାଇ ୧ରୁ ୭ ତାରିଖ ପର୍ଯ୍ୟନ୍ତ 'ବନ ସପ୍ତାହ'ରେ ସାରା ଓଡ଼ିଶାରେ ୧ ଲକ୍ଷ ବୃକ୍ଷରୋପଣ କରିବା ପାଇଁ 'ପ୍ରେରଣା' ପକ୍ଷରୁ ଯୋଜନା କରାଯାଇଅଛି । ଏହି ଅଭିଯାନରେ ସାମିଲ ହେବାପାଇଁ ଇଚ୍ଛୁକ ବ୍ୟକ୍ତି, ସଙ୍ଗଠନ, ସ୍ୱେଚ୍ଛାସେବୀ ପ୍ରମୁଖ ଶ୍ରୀଯୁକ୍ତ ଅଲ୍ଲୀଙ୍କୁ ୯୦୯୦୦୮୭୦୫୧ ନମ୍ବରରେ ଯୋଗାଯୋଗ କରିବାକୁ ଅନୁରୋଧ ।

# ବଳଦେବଜୀଉଙ୍କ ଆଶୀର୍ବାଦ ନେଲେ ମନ୍ତ୍ରୀ ଅତନୁ ଓ ପ୍ରତାପ



କେନ୍ଦ୍ରାପଡ଼ା (ପିଏନ୍): ନୂତନ ମନ୍ତ୍ରୀମଣ୍ଡଳ ଗଠନ ହେବା ପରେ ମନ୍ତ୍ରୀମାନେ ପୁରୀ ଯାଇ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଦର୍ଶନ କରିଥିଲେ । ମନ୍ତ୍ରୀମଣ୍ଡଳରେ ସ୍ଥାନ ପାଇଥିବା କେନ୍ଦ୍ରାପଡ଼ା ଜିଲ୍ଲାର ୨ ମନ୍ତ୍ରୀ ଅତନୁ ସବ୍ୟସାଚୀ ନାୟକ ଓ ପ୍ରତାପ କେଶରୀ ଦେବ କେନ୍ଦ୍ରାପଡ଼ାର ଆରାଧ୍ୟ ପ୍ରଭୁ ଶ୍ରୀ ସିଦ୍ଧ ବଳଦେବଜୀଉଙ୍କ ମନ୍ଦିରକୁ ଯାଇ ଦର୍ଶନ କରି ଆଶୀର୍ବାଦ ଭିକ୍ଷା କରିଥିଲେ । ଅପରାହ୍ଣରେ ଇଚ୍ଛାପୁର ଉଚ୍ଚ ବିଦ୍ୟାଳୟରେ ଏକ ସରକାରୀ କାର୍ଯ୍ୟକ୍ରମରେ ଯୋଗଦେବା ପରେ ବଳଦେବଜୀଉଙ୍କ ଦର୍ଶନ ପାଇଁ ମନ୍ଦିରକୁ ଯାଇଥିଲେ । ବାଟରେ ଉଭୟ ମନ୍ତ୍ରୀଙ୍କୁ ବିଜେଡି ନେତା ଓ କର୍ମୀମାନେ ପୁଷ୍ପଗୁଚ୍ଛ ପ୍ରଦାନ ପୂର୍ବକ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରିଥିଲେ । ମନ୍ତ୍ରୀଦ୍ୱୟ ମନ୍ଦିରରେ ପ୍ରବେଶ କରିବା ପରେ ସେବାୟତମାନେ ସେମାନଙ୍କୁ ଶ୍ରୀଜୀଉଙ୍କ ଜଗମୋହନକୁ ନେଇ ପ୍ରଭୁଙ୍କ ଦର୍ଶନ କରାଇଥିଲେ । ମନ୍ତ୍ରୀଦ୍ୱୟ ମନ୍ଦିରର ବିକାଶ ସମ୍ପର୍କରେ ସେବାୟତମାନଙ୍କ ସହ ଆଲୋଚନା କରିଥିଲେ । ମନ୍ତ୍ରୀଦ୍ୱୟଙ୍କ ସହ ଠାକୁରଙ୍କ ଦର୍ଶନ ପାଇଁ କେନ୍ଦ୍ରାପଡ଼ା ବିଧାୟକ ଶଶିଭୂଷଣ ବେହେରା, ରାଜନଗର ବିଧାୟକ ଧ୍ରୁବ ଚରଣ ସାହୁ, ପାଟକୁରା ବିଧାୟିକା ସାବିତ୍ରୀ ଅଗ୍ରୱାଲ ପ୍ରମୁଖ ମନ୍ଦିରକୁ ଯାଇଥିଲେ । ଏଥିସହିତ ସେମାନଙ୍କ ସହ ଜିଲ୍ଲା ପରିଷଦ ସଭାପତି ଗୀତାଞ୍ଜଳୀ ସେଠୀ, ନଗରପାଳ ସରିତା ସାହୁ, ଧୀରେନ ସାହୁ, ରୋସ୍ନା ସାହୁ, ବ୍ଲକ ଅଧ୍ୟକ୍ଷ ରଶ୍ମିତା ସେଠୀ, ଜିଲ୍ଲା ପରିଷଦ ସଭ୍ୟା ମଧୁଛନ୍ଦା ମହାନ୍ତି, ସଭ୍ୟ ରଶ୍ମିରଞ୍ଜନ ରାଉତ, କାଉନସିଲର କାଳୀପ୍ରସାଦ ମିଶ୍ର, ଉମେଶ ନାୟକ, ପୂର୍ବତନ ରାଜ୍ୟ ବିଜେଡି ଯୁଗ୍ମ ସମ୍ପାଦକ ରାଜେଶ ପଣ୍ଡା, ଦୁର୍ଗାଶିଷ ମହାନ୍ତି, ହିରଣ୍ୟ ପଣ୍ଡା, ସବିତା ସାହୁ, ପ୍ରକାଶ ପରିଡ଼ା, ସେକ ମତୁ, ସେକ ଚନ୍ଦନ ପ୍ରମୁଖ ଉପସ୍ଥିତ ଥିଲେ ।

—ମହାସାଗର ବଞ୍ଚିଲେ ବଞ୍ଚିବ ଜୀବନ—

# ମହାସାଗରର ଜୈବ ବିବିଧତା ସୁରକ୍ଷା ପାଇଁ ନିବେଦନ କଲେ ପରିବେଶବିତ୍



ଭୁବନେଶ୍ୱର (ପିଏନ୍): ପ୍ରତିବର୍ଷ ଭଳି ଚଳିତବର୍ଷ ଜୁନ୍ ୮ରେ ପାଳିତ ହୋଇଛି ବିଶ୍ୱ ମହାସାଗର ଦିବସ । ଆମର ଦୈନନ୍ଦିନ ଜୀବନରେ ଏହାର ଭୂମିକାକୁ ସ୍ମରଣ କରିବା ପାଇଁ ଏଭଳି ଏକ ଦିବସ ପାଳନର ରହିଛି ପରିକଳ୍ପନା । ଏଥିନେଇ ରାଜଧାନୀ ଭୁବନେଶ୍ୱରର ପରିବେଶବିତ୍ ସୁଶାନ୍ତ ସାହୁ ବିଭିନ୍ନ ରଙ୍ଗର ମୁରୁଜକୁ ବ୍ୟବହାର କରି ତିଆରିଛନ୍ତି ଏକ ମହାସାଗରର ଚିତ୍ର । ଚିତ୍ରଟିରେ ପ୍ଲାଷ୍ଟିକ ବର୍ଜ୍ୟ ଦ୍ୱାରା ମହାସାଗରର ଉଦ୍ଭିଦ ଓ ଜୀବ କିଭଳି ପ୍ରଭାବିତ ହେଉଛନ୍ତି ତାହା ସେ ଦର୍ଶାଇବାକୁ ପ୍ରୟାସ କରିଛନ୍ତି । ବିଶ୍ୱ ବ୍ରହ୍ମାଣ୍ଡ ଲୋଡୁଥିବା ଅମ୍ଳଜାନ ମଧ୍ୟରୁ ୫୦ ପ୍ରତିଶତ ଅମ୍ଳଜାନ ଦେଇଥାଏ ମହାସାଗର । ପୁଣି ମଣିଷ ନିର୍ଗତ କରୁଥିବା ୩୦ ପ୍ରତିଶତ ଅଙ୍ଗାରକାମ୍ଳ ଶୋଷି ନେବାରେ ଏହାର ଅବଦାନ ଥାଏ । ମହାସାଗରକୁ ବିଶ୍ୱର ଜୈବବିବିଧତାର ଘର ବୋଲି କୁହାଯାଏ । ବିଶ୍ୱର ବିଲିୟନ ସଂଖ୍ୟକ ଲୋକଙ୍କ ପୁଷ୍ଟିର ଉତ୍ସ ପାଲଟିଥିବା ମହାସାଗର ୪୦ ମିଲିୟନ ଲୋକଙ୍କୁ ଜୀବିକା ମଧ୍ୟ ଦେଇଛି । ସଂସାର ଯାକର ଜଳବାୟୁକୁ ନିୟନ୍ତ୍ରିତ କରୁଥିବା ମହାସାଗର ଏବେ ନିଜେ ଭୟଙ୍କର ବିପଦ ଦେଇ ଗତି କରୁଛି ବୋଲି କହିଛନ୍ତି ପରିବେଶବିତ୍ ସୁଶାନ୍ତ ସାହୁ । ବିଶ୍ୱ ମହାସାଗର ଦିବସ ଅବସରରେ ନିଜ ପ୍ରତିକ୍ରିୟା ଦେଇ ସୁଶାନ୍ତ କହିଛନ୍ତି ଯେ, ମାତ୍ରାଧିକ ପ୍ଲାଷ୍ଟିକ୍ ବର୍ଜ୍ୟରେ ମହାସାଗରର ପରିବେଶ କ୍ଷତିଗ୍ରସ୍ତ ହୋଇଛି । ଟନ୍ ଟନ୍ ପ୍ଲାଷ୍ଟିକ ଭାସୁଥିବାରୁ ଜଳ, ଶୈବାଳ ଓ ଜଳଜ ପ୍ରାଣୀ ବିପଦରେ ପଡ଼ିଛନ୍ତି । ୯୦ ପ୍ରତିଶତ ବଡ଼ମାଛ ଉତ୍ପାଦନ ବାଧାପ୍ରାପ୍ତ ହୋଇଛି । ଏସବୁକୁ ଦୃଷ୍ଟିରେ ଦେଖିଲେ ବ୍ରହ୍ମାଣ୍ଡର ୭୦ ପ୍ରତିଶତ ଅଞ୍ଚଳକୁ ଆଚ୍ଛାଦିତ କରିଥିବା ମହାସାଗରର ସୁରକ୍ଷା ଓ ସଂରକ୍ଷଣ ଜରୁରୀ ହୋଇପଡ଼ିଛି ବୋଲି କହିଛନ୍ତି ସୁଶାନ୍ତ ।

## ମନ୍ତ୍ରୀ ପ୍ରତାପ ଓ ଅତନୁଙ୍କୁ ଶୁଭେଚ୍ଛା ଜଣାଇଲେ ପୂର୍ବତନ ଜିଲ୍ଲା ପରିଷଦ ସଭାପତି ମାନସ



କେନ୍ଦ୍ରାପଡ଼ା (ପିଏନ୍): ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ପଂଚମ ପାଳିର ସଂପ୍ରସାରିତ ମନ୍ତ୍ରୀମଣ୍ଡଳରେ ସ୍ଥାନ ପାଇଥିବା ଆଳି ବିଧାୟକ ପ୍ରତାପ କେଶରୀ ଦେବ ଓ ମହାକାଳପଡା ବିଧାୟକ ଅତନୁ ସବ୍ୟସାଚି ନାୟକଙ୍କୁ କେନ୍ଦ୍ରାପଡାର ପୂର୍ବତନ ଜିଲ୍ଲା ପରିଷଦ ସଭାପତି ମାନସ କୁମାର ପରିଡା ମନ୍ତ୍ରୀଙ୍କ ଭୁବନେଶ୍ୱରସ୍ଥିତ ବାସଭବନରେ ପହଞ୍ଚି ପୁଷ୍ପଗୁଚ୍ଛ ପ୍ରଦାନ ସହ ସ୍ୱାଗତ ସମ୍ବର୍ଦ୍ଧନା ଜ୍ଞାପନ କରି ଶୁଭେଚ୍ଛା ଜଣାଇଛନ୍ତି । ଏଥିସହିତ କେନ୍ଦ୍ରାପଡା ଜିଲ୍ଲାର ଦୁଇ ବିଧାୟକଙ୍କୁ ତାଙ୍କ ମନ୍ତ୍ରୀମଣ୍ଡଳରେ କ୍ୟାବିନେଟ ମନ୍ତ୍ରୀ ଭାବରେ ନେଇଥିବାରୁ ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକଙ୍କୁ ମଧ୍ୟ ଶ୍ରୀ ପରିଡା କୃତଜ୍ଞତା ଜଣାଇଛନ୍ତି । ଏହାଦ୍ୱାରା କେନ୍ଦ୍ରାପଡା ଜିଲ୍ଲାର ଦ୍ରୁତ ବିକାଶ ସମ୍ଭବ ହୋଇ ପାରିବ ବୋଲି ଶ୍ରୀ ପରିଡା କହିଛନ୍ତି ।

# ଜାରକାରେ ବିଶ୍ୱ ଯୋଗ ଦିବସ ପାଳିତ



ଧର୍ମଶାଳା (ପିଏନ୍): ଜାରକାସ୍ଥିତ କଳ୍ପତରୁ ଦାସ ଷ୍ଟାଡିୟମ ପରିସରରେ ପତଂଜଳି ଯୋଗ ସମିତି ଧର୍ମଶାଳା ଶାଖା, ଇନର ହୁଇଲ କ୍ଲବ ଓ ରୋଟାରୀ କ୍ଲବର ମିଳିତ ଆନୁକୂଲ୍ୟରେ ବିଶ୍ୱ ଯୋଗ ଦିବସ ପାଳିତ ହୋଇଯାଇଛି । ସକାଳ ୭ ଘଟିକା ସମୟରେ ଜାରକା ଷ୍ଟାଡିୟମ ପରିସରରେ ଅନୁଷ୍ଠିତ ଯୋଗ ଶିବିରରେ ଇନର ହୁଇଲ କ୍ଲବର ପୂର୍ବତନ ସଭାପତି ମିନତୀ ସାହୁ ପୌରୋହିତ୍ୟ କରିଥିଲେ । ଏହି ଶିବିରକୁ କଟକ ଡିଏସପି ଅମିତାଭ ମହାପାତ୍ର ମୁଖ୍ୟଅତିଥି ଭାବେ ଯୋଗଦେଇ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ପ୍ରତ୍ୟେହ ୧ ଘଂଟା ଯୋଗାଭ୍ୟାସ କଲେ ଜୀବନ ନିରୋଗ ମଣିଷ ନିରୋଗ ରହିପାରିବ ବୋଲି ସେ କହିଥିଲେ । ଅବସରପ୍ରାପ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ବିଜୟ କୁମାର ଶତପଥୀ, ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ଡା. ସୁଧିର କୁମାର ସାହୁ, ନେହେରୁ ଯୋଗକେନ୍ଦ୍ରର ସଂଯୋଜକ ବାସୁଦେବ ଦେଓ ଦାସ, ପତଂଜଳି ଯୋଗ ସମିତିର ସଂଯୋଜକ କ୍ୟାପଟେନ ତ୍ରିଲୋଚନ ବିଶ୍ୱାଳ, ରୋଟାରୀ କ୍ଲବ ସଭାପତି ନିରଂଜନ ପାଣିଗ୍ରାହୀ ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗଦେଇ ଯୋଗର ଉପକାରିତା ସମ୍ପର୍କରେ ଆଲୋକପାତ କରିଥିଲେ । ଯୋଗ ଶିକ୍ଷକ ପ୍ରମୋଦ ମଲିକ ବିଭିନ୍ନ ଯୋଗ କପାଳ ଭାରତୀ, କୁମ୍ଭିକା, ଅଗ୍ନିସାର, ଅନୁଲୋମ, ବିଲୋମ ଆଦି ଯୋଗାଭ୍ୟାସ କରିଥିଲେ । ଉପସ୍ଥିତ ଶିବିରାର୍ଥୀମାନେ ଏହାକୁ ଅନୁକରଣ କରି ଯୋଗାଭ୍ୟାସ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ଇନରହୁଇଲ ସଭାପତି ମାଧୁରୀ ଶତପଥୀ, ଆଜାମ୍ବର ସାହୁ, ଜୟପ୍ରକାଶ ତ୍ରିପାଠୀ, ରମାକାନ୍ତ ଜେନା, ବଟକୃଷ୍ଣ ପରିଡା, ସୁରେନ୍ଦ୍ର ପାଣି, ଲୋପାମୁଦ୍ରା ଷଣ୍ଢ, ପ୍ରଭାତି ବିଶ୍ୱାଳ, ସୁକାନ୍ତ ସ୍ୱାଇଁ ଓ ଚନ୍ଦନ ନାୟକ ପ୍ରମୁଖ ଯୋଗଦେଇଥିଲେ । ଏହି ଶିବିରରେ ଶତାଧିକ ପୁରୁଷ, ମହିଳା ଓ ଛାତ୍ରଛାତ୍ରୀ ଯୋଗଦେଇ ଯୋଗାଭ୍ୟାସ କରିଥିଲେ ।

## କେନ୍ଦ୍ରାପଡା ଅର୍ବାନ ବ୍ୟାଙ୍କର ୭ ନିର୍ଦ୍ଦେଶକ ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ

କେନ୍ଦ୍ରାପଡ଼ା (ପିଏନ୍): ପୂର୍ବତନ ମନ୍ତ୍ରୀ ସ୍ୱର୍ଗତଃ ଭାଗବତ ପ୍ରସାଦ ମହାନ୍ତିଙ୍କ ଦ୍ୱାରା ପ୍ରତିଷ୍ଠିତ କେନ୍ଦ୍ରାପଡା ଅର୍ବାନ କୋ-ଅପରେଟିଭ ବ୍ୟାଙ୍କ ପରିଚାଳନା ପରିଷଦ ନିର୍ବାଚନ ପ୍ରକ୍ରିୟା ଆରମ୍ଭ ହୋଇଯାଇଛି । ଗତ ମାସ ୬ ତାରିଖରେ ବ୍ୟାଙ୍କର ୧୫ଟି ଜୋନର ନିର୍ବାଚନ ମଣ୍ଡଳୀ ପାଇଁ ପ୍ରାର୍ଥୀପତ୍ର ଦାଖଲ ସମ୍ପୂର୍ଣ୍ଣ ହୋଇଥିଲା । ପ୍ରାର୍ଥୀପତ୍ର ଯାଞ୍ଚ ପରେ ସ୍ୱର୍ଗତଃ ମହାନ୍ତିଙ୍କ ସୁପୁତ୍ର ଗୁରୁ ପ୍ରସାଦ ମହାନ୍ତିଙ୍କ ନେତୃତ୍ୱରେ ମନୋନୟନ ପତ୍ର ଦାଖଲ କରିଥିବା ପ୍ରାର୍ଥୀଙ୍କ ମଧ୍ୟରୁ ୧ନମ୍ବର ଜୋନ୍‌ରେ ରଶ୍ମିରଞ୍ଜନ ଚୌଧୁରୀ, ୨ରେ ଶ୍ରୀକାନ୍ତ ନାୟକ, ୪ରେ ଡ଼ଃ ଅଧିକାରୀ ଲକ୍ଷ୍ମୀନାରାୟଣ ଦାସ, ୯ରେ ଡ଼ଃ ଅପର୍ଣ୍ଣା ମହାନ୍ତି, ୧୦ରେ ପ୍ରଫୁଲ୍ଲ କୁମାର ସାହୁ, ୧୧ରେ ବିଧୁ ଭୂଷଣ ମହାପାତ୍ର ଓ ୧୪ ନମ୍ବର ଜୋନରେ ମହେନ୍ଦ୍ର କୁମାର ପରିଡା ପ୍ରମୁଖ ୭ଜଣ ପ୍ରାର୍ଥୀ ନିର୍ଦ୍ୱନ୍ଦ୍ୱରେ ବ୍ୟାଙ୍କ ପରିଚାଳନା ପରିଷଦର ନିର୍ଦ୍ଦେଶକ ଭାବେ ନିର୍ବାଚିତ ହୋଇଛନ୍ତି । ଗୁରୁ ପ୍ରସାଦ ମହାନ୍ତି ଜଣେ ଅବସରପ୍ରାପ୍ତ ଉଚ୍ଚପଦସ୍ଥ ବ୍ୟାଙ୍କ ଅଧିକାରୀ ହୋଇଥିବାରୁ ତାଙ୍କ ନେତୃତ୍ୱରେ ବ୍ୟାଙ୍କର ସୁପରିଚାଳନା ସଠିକ ଓ ନିଷ୍ଠାପର ଭାବରେ ହୋଇପାରିବ ବୋଲି ବୁଦ୍ଧିଜୀବୀ-ମାନେ ଆଶାବ୍ୟକ୍ତ କରିଛନ୍ତି ।




## ବିଦାୟ କାଳୀନ ସମ୍ବର୍ଦ୍ଧନା ସଭା

ଖୋର୍ଦ୍ଧା,(ପିଏନ): ଖୋର୍ଦ୍ଧାସ୍ଥିତ ଜେମାଦେଇ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ପ୍ରିୟମ୍ବଦା ପ୍ରଧାନଙ୍କ ଅବସର ଉପଲକ୍ଷେ ଶିକ୍ଷାବିତ୍ ଗୌରହରି ମିଶ୍ରଙ୍କ ଅଧ୍ୟକ୍ଷତାରେ ଏକ ସଭାର ଆୟୋଜନ କରାଯାଇଥିଲା ।ଏ ନେଇ ସଭାରେ ଉଦଘାଟକ ଭାବେ ଖୋର୍ଦ୍ଧାର ବରିଷ୍ଠ ଆଇନଜୀବୀ ତଥା ଖୋର୍ଦ୍ଧା ଜିଲ୍ଲା ଉତ୍କଳ ସମ୍ମିଳନୀ ସଙ୍ଗଠନର ସମ୍ପାଦକ ବିଚିତ୍ର କୁମାର ବଡଜେନା ,ଖୋର୍ଦ୍ଧା ପାଇକ ସଙ୍ଗଠନର ସମ୍ପାଦକ କୃଷ୍ଣ ମୋହନ ହରିଚନ୍ଦନ ମୁଖ୍ୟ ଅତିଥି,ଶିକ୍ଷାବିତ ଗତିକୃଷ୍ଣ ଉତର କବାଟ ମୁଖ୍ୟବକ୍ତା,ଶିକ୍ଷାବିତ ବ୍ରଜବନ୍ଧୁ ଛୋଟରାୟ ଓ ଶିକ୍ଷକ ସଂଘର ସମ୍ପାଦକ ଦେବରାଜ ପ୍ରଧାନ ସମ୍ମାନିତ ଅତିଥି ଭାବେ ଯୋଗ ଦେଇ ବିଦାୟୀ ଶିକ୍ଷୟିତ୍ରୀଙ୍କ କର୍ମମୟ ଜୀବନ ଉପରେ ଆଲୋକପାତ କରିଥିଲେ । ସଭାର ପ୍ରାରମ୍ଭରେ ଛାତ୍ରଛାତ୍ରୀ ମାନେ ସ୍ୱାଗତ ସଙ୍ଗୀତ ପରିବେଷଣ କରିଥିବା ବେଳେ ସହକାରୀ ଶିକ୍ଷୟିତ୍ରୀ ତମାଳ ଦେଇଙ୍କୁ ସ୍ୱାଗତ କରାଯାଇଥିଲା । ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ବାନାମ୍ବର ମହାପାତ୍ର ଓ ସ୍ଥାନୀୟ ଜେମାଦେଇ ଗ୍ରାମର କାଉନସେଲର ଦିଲ୍ଲିପ କୁମାର ପରିଡା ଯୋଗ ଦେଇ ବିଦାୟୀ ଶିକ୍ଷୟିତ୍ରୀଙ୍କୁ ଉପଢୌକନ ପ୍ରଦାନ କରିଥିଲେ ।ଶେଷରେ ଶିକ୍ଷୟିତ୍ରୀ ଉତ୍ପଳା ପ୍ରଧାନ ଧନ୍ୟବାଦ ଅର୍ପଣ ସହ ବରିଷ୍ଠ ଶିକ୍ଷୟିତ୍ରୀ ସନ୍ଧ୍ୟାରାଣୀ ଦେବୀ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ଭାବରେ କାର୍ଯ୍ୟଭାର ଗ୍ରହଣ କରିଥିଲେ ।

## ଅଜଣା ହାଇୱା ଧକ୍କାରେ ବାଇକ ଚାଳକଙ୍କ ମୃତ୍ୟୁ

ଖୋର୍ଦ୍ଧା,(ପିଏନ): ବାଘମାରୀ-କଂଟିଲୋ ୪୮ ନମ୍ବର ଜାତୀୟ ରାଜପଥର ଶୀମୋର ବଜାର ନିକଟରେ ବୁଧବାର ଦିନ ବିଳମ୍ବିତ ରାତିରେ ଏକ ଅଜଣା ହାଇୱା ଧକ୍କାରେ ବାଇକ ଚାଳକଙ୍କ ମୃତ୍ୟୁ ଘଟିଛି । ବାଘମାରୀ ଥାନା ଅଧିକାରୀ ଅର୍ଚ୍ଚନା ମଲ୍ଲିକଙ୍କ ସୂଚନା ମୁତାବକ ବେଗୁନିଆ ଥାନା ଅନ୍ତର୍ଗତ ଗେଡିଆପଲ୍ଲୀ ଗ୍ରାମର ବେଣୁଧର ମହାପାତ୍ରଙ୍କ ପୁଅ ସୌରଜିତ ମହାପାତ୍ର(୩୦) ବୁଧବାର ଦିନ ବିଳମ୍ବିତ ରାତିରେ ଭଉଣୀର ଶ୍ୱଶୁରଙ୍କ ଦେହ ଖରାପ ହେବାର ଖବର ଶୁଣି ଘରୁ ବାଇକ ଯୋଗେ ଖୋର୍ଦ୍ଧା ମୁଖ୍ୟ ଚିକିତ୍ସାଳୟକୁ ଯାଉଥିଲେ । ବାଘମାରୀ କଂଟିଲୋ ୪୮ ନମ୍ବର ଜାତୀୟ ରାଜପଥର ଶୀମୋର ନିକଟରେ ବିପରୀତ ଦିଗରୁ ଆସୁଥିବା ଏକ ଅଜଣା ହାଇୱା ଧକ୍କା ଦେଇ ପଳାଇ ଯାଇଥିଲା । ଘଟଣା ସ୍ଥଳରେ ସ୍ଥାନୀୟ ଲୋକମାନେ ପହଂଚି ପୋଲିସକୁ ଖବର ଦେଇଥିବା ବେଳେ ଗୁରୁତରଙ୍କୁ ଖୋର୍ଦ୍ଧା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା । ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିବା ପରେ ଶବ ବ୍ୟବଚ୍ଛେଦ କରାଯାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇ ଗ୍ରାମରେ ଶୋକାକୁଳ ପରିବେଶ ମଧ୍ୟରେ ଅନ୍ତ୍ୟେଷ୍ଟି କ୍ରିୟା ସମାପନ ହୋଇଥିଲା ।ଏ ନେଇ ପୋଲିସ ଦୁର୍ଘଟଣା ଘଟାଇ ଥିବା ଗାଡିକୁ ଧରିବା ପାଇଁ ଅନୁସନ୍ଧାନ ଚଳାଇଛି ।

## ସଞ୍ଜୀବନୀ ବିଦ୍ୟାମନ୍ଦିରରେ ଆନ୍ତର୍ଜାତୀୟ ଯୋଗ ସଚେତନତା କାର୍ଯ୍ୟକ୍ରମ

କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡାର ସଞ୍ଜୀବନୀ ବିଦ୍ୟାମନ୍ଦିର ପରିସରରେ ଆନ୍ତର୍ଜାତୀୟ ଯୋଗ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଆନ୍ତର୍ଜାତୀୟ ଯୋଗ ବିଶାରଦ ଆଚାର୍ଯ୍ୟ ପ୍ରିୟକ୍ରିଷ୍ଣାନନ୍ଦଙ୍କ ଦ୍ୱାରା ଆତ୍ମ ରୁପାନ୍ତରୀକରଣ ପାଇଁ ସାଧନା ବିଜ୍ଞାନ ସମ୍ପର୍କରେ ଉପସ୍ଥିତ ସଞ୍ଜୀବନୀ ବିଦ୍ୟାମନ୍ଦିରର ଗୁରୁଜୀ ଓ ଗୁରୁମାମାନଙ୍କୁ ସଚେତନତା ମାଧ୍ୟମରେ ପ୍ରଶିକ୍ଷଣ ପ୍ରଦାନ କରାଯାଇଥିଲା। ଆଚାର୍ଯ୍ୟ ପ୍ରିୟକ୍ରିଷ୍ଣାନନ୍ଦ ତାଙ୍କ ବକ୍ତବ୍ୟରେ ମନୁଷ୍ୟ ଶରୀରର ଷଡଚକ୍ର, ମନ ଓ ଶରୀର ଉପରେ ଆଲୋକପାତ କରିଥିଲେ। ବିଦ୍ୟାମନ୍ଦିରର ଗୁରୁଜୀ ଓ ଗୁରୁମାମାନଙ୍କ ମନକୁ ଶାନ୍ତ ରଖିବା ପାଇଁ ଧାନ ଓ କୌଶିକ ଯୋଗ ଉପରେ ଧାରଣା ଦେବା ସହ ଏହା କିପରି କାର୍ଯ୍ୟରେ ପରିଣତ ହେବ ସେ ସମ୍ପର୍କରେ ଧାରଣା ଦେବା ସହ କୌଶିକ ଯୋଗ କରାଇଥିଲେ। ଏହାପରେ ଯୋଗ କଳାଂଶକୁ ବିରାମ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ବିଦ୍ୟାମନ୍ଦିରର ସମସ୍ତ ଆଚାର୍ଯ୍ୟ, ଆଚାର୍ଯ୍ୟାଙ୍କ ସମେତ ସଂଯୋଜକ ଆଚାର୍ଯ୍ୟ କାହ୍ନୁ ଚରଣ ବେହେରା ଓ କେନ୍ଦ୍ରାପଡା ଆନନ୍ଦମାର୍ଗର ଆଚାର୍ଯ୍ୟ ଭି. ଆନନ୍ଦସ୍ୱାମୀ ଯୋଗଦେଇଥିଲେ। ଶେଷରେ ଶାରିରୀକ ଆଚାର୍ଯ୍ୟ ସଦାଶିବ ପଣ୍ଡିତ୍ରା ଧନ୍ୟବାଦ ଅର୍ପଣ କରିଥିଲେ।

## ସାମସଙ୍ଗ ଇଣ୍ଡିଆର ସବୁଠାରୁ ବଡ଼ ପାର୍ବଣ ଅଫର ରିୱାର୍ଡ଼ ଇୟୋରସେଲ୍ଫର ଶୁଭାରମ୍ଭ

ଭୁବନେଶ୍ୱର: ଭାରତର ଅଗ୍ରଣୀ ଇଲେକ୍ଟ୍ରୋନିକ୍ସ ଏବଂ ସ୍ମାର୍ଟଫୋନ୍ ବ୍ରାଣ୍ଡ, ସାମସଙ୍ଗ ପକ୍ଷରୁ ଚଳିତ ପାର୍ବଣକୁ ଆହୁରି ଅଧିକ ଆକର୍ଷଣୀୟ କରିବା ପାଇଁ 'ରିୱାର୍ଡ଼ ଇୟୋରସେଲ୍ଫ' ଅଭିଯାନର ଶୁଭାରମ୍ଭ କରାଯାଇଛି । 'ରିୱାର୍ଡ଼ ଇୟୋରସେଲ୍ଫ' ଅଭିଯାନ ସହିତ, ଗ୍ରାହକମାନେ ଏଚଡ଼ିଏଫସି କ୍ରେଡ଼ିଟ କାର୍ଡ଼ ଏବଂ ଡ଼େବିଟ କାର୍ଡ଼ ଏବଂ ଏସବିଆଇ କ୍ରେଡ଼ିଟ କାର୍ଡ଼ ଉପରେ ୧୦% କ୍ୟାଶବ୍ୟାକ ପାଇବା ସହିତ ଆକର୍ଷଣୀୟ ବଣ୍ଡଲ ଅଫର ଏବଂ ସାମସଙ୍ଗର ବିସ୍ତୃତ ସ୍ମାର୍ଟଫୋନ୍ ଶୃଙ୍ଖଳ, ଓୟେରେବୁଲସ ଏବଂ ଟାବଲେଟ ଇତ୍ୟାଦି ପାଇବାର ସୁବିଧା ରହିଛି । ଏହି ପରିପ୍ରେକ୍ଷୀରେ ସାମସଙ୍ଗ ଇଣ୍ଡିଆର ମୋବାଇଲ ବିଜନେସର, ବରିଷ୍ଠ ଉପାଧ୍ୟକ୍ଷ, ଶ୍ରୀ ମୋହନଦୀପ୍ ସିଂ କହିଛନ୍ତି ଯେ, "ପାର୍ବଣ ସମୟରେ ଆମର ଗ୍ରାହକ ମାନଙ୍କ ଉତ୍ସାହକୁ ଆହୁରି ବୃଦ୍ଧି କରିବା ପାଇଁ, ଆମ୍ଭେମାନେ ଆମର ଅଫର ଗୁଡ଼ିକରେ କ୍ୟାଶବ୍ୟାକ, ସର୍ବନିମ୍ନ ମାସିକ କିସ୍ତି ଏବଂ ଅନ୍ୟ ଆକର୍ଷଣୀୟ ଯୋଜନାମାନ ନେଇଆସିଛୁ ।" ସାମସଙ୍ଗର 'ରିୱାର୍ଡ଼ ଇୟୋରସେଲ୍ଫ' ଅଭିଯାନ ଅନେକ ଗୁଡ଼ିଏ ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓ୍ୟାରବୁଲସ ଉପରେ ଉପଲବ୍ଧ ଥିବାବେଳେ, ଏହି ପାର୍ବଣ ସମୟରେ ଗାଲାକ୍ସି ଡ଼ିଭାଇସ କ୍ରୟ କରୁଥିବା ପ୍ରତ୍ୟେକ ଗ୍ରାହକଙ୍କ ପାଇଁ ସୁନିଶ୍ଚିତ ପୁରସ୍କାର ନେଇଆସିଛି । ଏହି ଅଫରରେ ୪୯୯୯ ଟଙ୍କାରୁ ୧୦୪୯୯୯ଟଙ୍କା ମଧ୍ୟରେ ରହିଥିବା କେତେକ ବଛାବଛା ସ୍ମାର୍ଟଫୋନ୍, ଟାବଲେଟ ଏବଂ ଓୟେରେବୁଲସ ଉପରେ ଏଚଡ଼ିଏଫସି ବ୍ୟାଙ୍କ କାର୍ଡ଼ରେ ୧୦% କ୍ୟାଶବ୍ୟାକ ସୁବିଧା ରହିଛି । ଏହି ଅଫର ଅକ୍ଟୋବର ୧୫ ରୁ ଅକ୍ଟୋବର ୨୭, ୨୦୨୦ ପର୍ଯ୍ୟନ୍ତ ବୈଧ । ୪୯୯୯ଟଙ୍କାରୁ ୪୭୯୯୯ଟଙ୍କାର ସମସ୍ତ ଗାଲାକ୍ସି ସ୍ମାର୍ଟଫୋନ୍ ଏବଂ ବଛାବଛା ଟାବଲେଟ ଏବଂ ଓୟେରବୁଲସରେ ଏସବିଆଇ କ୍ରେଡ଼ିଟ କାର୍ଡ଼ରେ ୧୦% କ୍ୟାଶବ୍ୟାକ ଉପଲବ୍ଧ । ଏହି ଅଫର ଅକ୍ଟୋବର ୨୮ ରୁ ନଭେମ୍ବର ୧୭, ୨୦୨୦ ପର୍ଯ୍ୟନ୍ତ ବୈଧ ।ଗାଲାକ୍ସି ନୋଟ ୨୦ କ୍ରୟ କରୁଥିବା ଗ୍ରାହକମାନେ ତୁରନ୍ତ ୧୦,୦୦୦ ଟଙ୍କାର କ୍ୟାଶବ୍ୟାକ ପାଇପାରିବେ । ଏହି ଅଫର ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫, ୨୦୨୦ ପର୍ଯ୍ୟନ୍ତ ବୈଧ । ଗାଲାକ୍ସି ଏ ସିରିଜ ଏବଂ ସମସ୍ତ ଫ୍ଲାଗସିପ୍ ଡ଼ିଭାଇସ ଉପରେ ଗ୍ରାହକମାନେ ନୋ କଷ୍ଟ୍ ଇଏମଆଇ ସହିତ ଜିରୋ ଡ଼ାଉନପେମେଂଟ ସୁବିଧା ପାଇପାରିବେ । ଗ୍ରାହକମାନେ ୧୩,୦୦୦ ଟଙ୍କା ପର୍ଯ୍ୟନ୍ତର ଅପଗ୍ରେଡ଼ ବୋନସ ପାଇପାରିବା ସହିତ ଚଳିତବର୍ଷ ଅକ୍ଟୋବର ୧୬ ରୁ ଅକ୍ଟୋବର ୨୫ ପର୍ଯ୍ୟନ୍ତ ଗାଲାକ୍ସି ନୋଟ୨୦ ଅଲଟ୍ରା କ୍ରୟରେ ୭୦୦୦ ଟଙ୍କା ମୁଲ୍ୟର ସାମସଙ୍ଗ ଭାଉଚର ପାଇପାରିବେ । ଗ୍ରାହକମାନେ ଏହି ଭଳି ଆହୁରି ଅନେକ ଆକର୍ଷଣୀୟ ଅଫରକୁ ଉପଭୋଗ କରିପାରିବେ । ଏହି ପାର୍ବଣ ଅଫରଗୁଡ଼ିକ ଅଗ୍ରଣୀ ରିଟେଲ ଷ୍ଟୋର ଏବଂ ସାମସଙ୍ଗ ଡ଼ଟ କମରେ କ୍ରୟ ଉପରେ ଉପଲବ୍ଧ ।

## ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟରେ ନୂଆ ଉଦାହରଣ ସୃଷ୍ଟି କରାଯାଇଛି

ଭୁବନେଶ୍ୱର: ନିର୍ମାଣ ଯନ୍ତ୍ରାଂଶ, ହେଭି ଯନ୍ତ୍ରାଂଶ କ୍ଷେତ୍ରରେ ବିଭିନ୍ନ ଉତ୍ପାଦ ଉପଲବ୍ଧ କରାଉଥିବା ସାନୀ ଇଣ୍ଡିଆ ପକ୍ଷରୁ ମହାମାରୀ ସଙ୍କଟ ସମୟରେ ଏକ ନୂଆ ଉଦାହରଣ ସୃଷ୍ଟି କରାଯାଇଛି। କମ୍ପାନୀ ପକ୍ଷରୁ ଏହାର ସମସ୍ତ ୩୫ ଡିଲରଙ୍କୁ ସାମ୍ପ୍ରତିକ ଆହ୍ୱାନମୂଳକ ସମୟରେ ବହୁବିଧ ଆବଶ୍ୟକ ସହାୟତା ଯୋଗାଇ ଦିଆଯାଇଛି। କ୍ରେଡ଼ିଟ୍ ସମୟସୀମାକୁ କମ୍ପାନୀ ପକ୍ଷରୁ ବର୍ଦ୍ଧିତ କରାଯାଇଛି। ଏହି ସୁବିଧା ସମସ୍ତ ନିର୍ମାଣ ଯନ୍ତ୍ରାଂଶ ଏବଂ ସ୍ପେୟାର ପାର୍ଟସ୍ ପାଇଁ ଉପଲବ୍ଧ ହେଉଛି। ସେହିପରି ଗ୍ରାହକଙ୍କ ଓ୍ୱାରେଟିଂ ସମୟକୁ ମଧ୍ୟ ବଢ଼ାଇ ଦିଆଯାଇଛି। କମ୍ପାନୀରେ କାର୍ଯ୍ୟ କରୁଥିବା ୧୧୦୦ରୁ ଅଧିକ କର୍ମଚାରୀଙ୍କୁ ଦରମା ସହାୟତା ମଧ୍ୟ ଯୋଗାଇ ଦିଆଯାଇଛି। ଭାରତ ଏବଂ ଦକ୍ଷିଣ ଏସିଆରେ ଥିବା ଏହାର ପେ ରୋଲ୍ କର୍ମଚାରୀଙ୍କ ପାଇଁ ଏହି ସୁବିଧା ଲାଗୁ ହୋଇଛି। ଡିଲରଙ୍କୁ ଯୋଗାଇ ଦିଆଯାଇଥିବା ସହାୟତା ଯୋଗୁ ୩ ପ୍ରକାର ଲାଭ ମିଳି ପାରିଛି। ଡିଲରମାନେ ସେମାନଙ୍କର ମାନବସମ୍ବଳର ଉପଯୋଗ କରିପାରିଛନ୍ତି। ସେହିପରି ବ୍ୟବସାୟିକ ଧାରାକୁ ବଜାୟ ରଖିବା ସହିତ ବଜାର ଖୋଲିବା ପରେ ପୁଣି ସୁବିଧାରେ କାରବାର ଆରମ୍ଭ କରିପାରିଛନ୍ତି। ଏହି ଯୋଜନାବଦ୍ଧ ରଣନୀତି ଦ୍ୱାରା କମ୍ପାନୀ ୨୦୧୯ ତୁଳନାରେ ଲକ୍‌ଡାଉନ୍ ହଟିବା ପରେ ଗତ ୨ମାସ ଅଗଷ୍ଟ ଏବଂ ସେପ୍ଟେମ୍ବର ମଧ୍ୟରେ ବ୍ୟବସାୟ ବୃଦ୍ଧିରେ ଅଗ୍ରଗତି କରିପାରିଛି। କମ୍ପାନୀର ଏକ୍ସାଭେଟର ମାର୍କେଟ ଶେୟାର ୧୪.୫ ପ୍ରତିଶତରେ ପହଂଚିଛି। ଏହାର ଅଭିବୃଦ୍ଧି ହାର ୧୫ ପ୍ରତିଶତ ରହିଛି। ସେହିପରି କ୍ରାଓ୍ୱଲ କ୍ରେନ୍‌ର ମାର୍କେଟ ଶେୟାର ୪୫ ପ୍ରତିଶତ ଥିବାବେଳେ ଏହାର ଅଭିବୃଦ୍ଧି ହାର ୮୦ ପ୍ରତିଶତ ରହିଛି। ଟ୍ରକ୍ କେନ୍‌ର ମାର୍କେଟ ଶେୟାର ୭୦ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୧୦ ପ୍ରତିଶତ ଛୁଇଁଛି। ପିଲିଂ ରିଙ୍ଗ୍‌ର ମାର୍କେଟଶେୟାର ୭୫ ପ୍ରତିଶତ ଥିବାବେଳେ ଏହାର ବୃଦ୍ଧି ହାର ୨୪ ପ୍ରତିଶତ

ରହିଛି। ମୋଟୋର ଗ୍ରେଡ଼ର ମାର୍କେଟ ଶେୟାର ୧୧ ପ୍ରତିଶତ ଥିବାବେଳେ ଏହା ଅଭିବୃଦ୍ଧି ହାର ୧୦ ପ୍ରତିଶତ ରହିଛି। ସାନୀ ଇଣ୍ଡିଆ ଡିଲରମାନଙ୍କୁ ସବୁବେଳେ ଏହାର କାରବାର ବୃଦ୍ଧି ପାଇଁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଭାବେ ବିବେଚନା କରିଥାଏ। କମ୍ପାନୀର ପଦକ୍ଷେପ ଯୋଗୁ ଡିଲରମାନଙ୍କୁ ଆବଶ୍ୟକ ଆର୍ଥିକ ସହାୟତା ମିଳିପାରିଛି। ଏହି ଅବସରରେ ସାନୀ ଗ୍ରୁପ୍‌ର ଭାରତ ତଥା ଦକ୍ଷିଣ ଏସିଆ ମୁଖ୍ୟ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଦୀପକ ଗର୍ଗ କହିଲେ, " ଆମେ ଆର୍ଥିକ ସହାୟତାକୁ ଉପଯୁକ୍ତ ମାର୍ଗରେ ପରିଚାଳିତ କରିପାରିଛୁ। ଏହାଦ୍ୱାରା ଡିଲରମାନେ ବିଶେଷ ଉପକୃତ ହୋଇପାରିଛନ୍ତି। ମହାମାରୀ ସଙ୍କଟ ସମୟରେ ସହାୟତା ଯୋଗୁ ଡିଲରମାନେ ସେମାନଙ୍କ କାରବାରକୁ ବନ୍ଦ ନ କରି ଜାରି ରଖିପାରିଛନ୍ତି। କୋଭିଡ୍ ସଙ୍କଟ ଆମମାନଙ୍କୁ

ଅସୁବିଧା ସମୟରେ କିଭଳି ସହାୟତା ଦ୍ୱାରା କାରବାର ବୃଦ୍ଧି କରାଯାଇ ପାରିବ ତାହାର ଏକ ଗୁରୁତ୍ୱପୂର୍ଣ୍ଣ ଶିକ୍ଷା ଦେଇଛି। ମହାମାରୀ ସଙ୍କଟ ସମୟରେ ପୃଥିବୀର ବହୁ କମ୍ପାନୀ ସେମାନଙ୍କର କର୍ମଚାରୀଙ୍କୁ ଛଟେଇ କରିବା ଆରମ୍ଭ କରିଥିଲେ। ଏପରିସ୍ଥଳେ ସାନୀ ଇଣ୍ଡିଆ ପଦୋନ୍ନତି ଏବଂ ଦରମା ବୃଦ୍ଧି କରିଥିଲା। କମ୍ପାନୀର ଏଭଳି ଦୂର ଦୃଷ୍ଟି ସମ୍ପନ୍ନ ଆର୍ଥିକ ନୀତିର ସକାରାତ୍ମକ ପ୍ରଭାବ ଏହାର ଆର୍ ଆଣ୍ଡ ଡି ଉପରେ ଅନୁଭୂତ ହୋଇଛି। ଲକ୍‌ଡାଉନ୍ ସମୟରେ ଗ୍ରାହକ ଏବଂ ଫାଇନାନ୍ସର,ମଲ୍ଟିପୁଲ ଟ୍ରେନିଂ ଏବଂ ଡେଭଲପମେଂଟ୍ କାର୍ଯ୍ୟ ଆଦି ସମ୍ପନ୍ନ ହୋଇପାରିଛି।

## ନିଶାନ୍ ଇଣ୍ଡିଆ ପକ୍ଷରୁ ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ବି-ଏସ୍‌ୟୁଭି ଉନ୍ମୋଚିତ

ଭୁବନେଶ୍ୱର: 'ମେକ୍ ଇନ୍ ଇଣ୍ଡିଆ, ମେକ୍ ଫର୍ ଓ୍ୱାର୍ଲ୍ଡ' ଦର୍ଶନ ଉପରେ ନିର୍ମିତ ନିଶାନ ଇଣ୍ଡିଆ ଏହାର ବହୁ ପ୍ରତିକ୍ଷୀତ ବି-ଏସ୍‌ୟୁଭି ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍‌କୁ ଉନ୍ମୋଚନ କରିଛି। ନିଶାନ୍-ନେସ୍ କନ୍‌ସେପ୍ଟର ଏକ ବାସ୍ତବ ପ୍ରତିଫଳନ ନୂଆ ନିଶାନ୍ ମାଗ୍ନାଇଟ୍‌କୁ ଏକ ଭର୍ଚୁଆଲ ଇଭେଂଟ୍ ଜରିଆରେ ସମଗ୍ର ବିଶ୍ୱର ଦର୍ଶକଙ୍କ ପାଇଁ ଉନ୍ମୋଚିତ କରାଯାଇଥିଲା। ଏସମ୍ପର୍କରେ ନିଶାନ ମୋଟର ଇଣ୍ଡିଆର ଅଧ୍ୟକ୍ଷ, ସିନାନ୍ ଓଜ୍‌କୋକ୍ କହିଛନ୍ତିଯେ, "ଅଲ୍-ନ୍ୟୁ ନିଶାନ୍ ମାଗ୍ନାଇଟ୍ ଆମର ନିଶାନ୍ ନେକ୍ସଟ୍ ରଣନୀତି କ୍ଷେତ୍ରରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରୁଛି ଏବଂ ଏକ ଗ୍ରାହକ କୈନ୍ଦ୍ରିକ ସଂସ୍ଥା ଭାବେ ଭାରତୀୟ ବଜାର ପାଇଁ ନିଶାନ୍‌ର ଅବିସ୍ମରଣୀୟ ପ୍ରତିଶ୍ରୁତିର ପ୍ରତିନିଧିତ୍ୱ କରୁଛି। ଏହି କାର୍ ସମୃଦ୍ଧ ଅଭିଜ୍ଞତା ପାଇଁ ଆକର୍ଷଣୀୟ ଉତ୍ପାଦ ଡେଲିଭର କରିବା ଲାଗି ଆମେ କରୁଥିବା ସବୁକିଛିର କେନ୍ଦ୍ରରେ ଗ୍ରାହକଙ୍କୁ ରଖିବା ନେଇ ଆମର ବ୍ରାଣ୍ଡ ଫିଲୋସୋଫିକୁ ଦୋହରାଉଛି।" ଅଲ୍-ନ୍ୟୁ ନିଶାନ ମାଗ୍ନାଇଟ୍ ହେଉଛି ନିରନ୍ତର ଉଦ୍ଭାବନ, ଅତ୍ୟାଧୁନିକ ଟେକ୍ନୋଲୋଜି ଓ ଜାପାନିଜ୍ ଇଞ୍ଜିନିୟରିଙ୍ଗ୍‌ର ନିଶାନର ଗ୍ଲୋବାଲ ଏସ୍‌ୟୁଭି ଡିଏନ୍‌ଏର ଏକ ପ୍ରମାଣ। ଏଥିରେ ନିଶାନ୍ ଇଂଟେଲିଜେଂଟ୍ ମୋବିଲିଟି (ଏନ୍‌ଆଇଏମ୍) ର ଅଂଶ ଭାବେ ନୂତନ ଟେକ୍ନୋଲୋଜି ଏବଂ ଯାନଗୁଡିକୁ କିଭଳି ସମାଜ ସହ ପାରିଚାଳିତ, ଡ୍ରାଇଭେନ୍ ଓ ଇଂଟିଗ୍ରେଟେଡ୍ କରାଯିବ ତାହାକୁ ନେଇ କମ୍ପାନୀର ଆଭିମୁଖ୍ୟ ସାମିଲ ରହିଛି। ଜାପାନରେ ଡିଜାଇନ୍ ହୋଇଥିବା ଓ ଭାରତୀୟ ଗ୍ରାହକଙ୍କ ଆବଶ୍ୟକତା ଓ ଆକାଂକ୍ଷାକୁ ଦୃଷ୍ଟିରେ ରଖି ନିର୍ମିତ ଅଲ୍ ନ୍ୟୁ ନିଶାନ ମାଗ୍ନାଇଟ୍‌ରେ ଏକାଓ୍ୱକ ଫାର୍ଷ୍ଟ-ଇନ୍-କ୍ଲାସ୍ ଓ ବେଷ୍ଟ-ଇନ୍-ସେଗ୍‌ମେଂଟ୍ ଫିଚର ରହିଛି। ଏହାର ଫାର୍ଷ୍ଟ-ଇନ୍-କ୍ଲାସ୍ ଫ୍ଲେୟାର ଗାରନେଟ୍ ରେଡ୍ (ଟିଂଟ୍ କୋଟ୍) କଲର୍ ଗଭୀରତା ଓ ଉନ୍ନତ ଗୁଣବତା ସହ ପ୍ରିମିୟମନେସ୍‌କୁ ପ୍ରତିଫଳନ କରୁଛି। ଏହା ୯ଟି ବଡି କଲର୍‌ଏ ୫ଟି ମୋନୋଟୋନ୍ ଓ ୪ଟି ଡୁଆଲ ଟୋନ୍ କଲର୍‌ରେ ଉପଲବ୍ଧ ହେଉଛି। ଏହି କାର୍‌ରେ ସବୁଠାରୁ ପତଳା ହେଡ୍‌ଲ୍ୟାମ୍ପ, ହାଲୁକା ସେପର-ଷ୍ଟାଇଲ୍ ଟର୍ଣ୍ଣ ଇଣ୍ଡିକେଟର୍, ଏଲ୍- ସେପ୍ ଏଲ୍‌ଇଡି ଡେଟାଇମ୍ ରନିଙ୍ଗ ଲାଇଟ୍‌ସ (ଡିଆର୍‌ଏଲ୍) ଓ ଡୋମିନେଟିଙ୍ଗ୍ ଫ୍ରଂଟ୍ ଗ୍ରିଲ୍ ରହିଛି। ଏଥିରେ ବ୍ୟାପକ ଶୃଙ୍ଖଳାର ଆକ୍‌ସେସରିଜ୍, ଏକ ଓ୍ୱାୟାରଲେସ୍ ଚାର୍ଜର୍, ଏୟାର ପ୍ୟୁରିଫାୟାର, ପଡଲ୍ ଲ୍ୟାମ୍ପ ଓ ଆମ୍ବିଏଂଟ୍ ମୁଡ୍ ଲାଇଟିଙ୍ଗ ଥିବା ଟେକ୍ ପାକ୍ ରହିଛି। ଏହାର ହରାଇଜୋଂଟାଲ ଇନ୍‌ଷ୍ଟ୍ରୁମେଂଟ୍ ପ୍ୟାନେଲ ଷ୍ଟ୍ରକ୍‌ଚରର ଡବଲ ଡେକ୍ କନ୍‌ସୋଲ ଏହି କାର୍‌କୁ ଅଧିକ ଚଉଡା କରୁଛି।

## ଇଣ୍ଡିଆନ ଟେରେନ୍ ଏକ ଫେୟାରଟ୍ରେଡ କ୍ୟାପ୍‌ସୁଲ ସହିତ ହାଇ ଷ୍ଟ୍ରିଟ ଫେସନ୍‌ରେ ନିରନ୍ତରତାର ଅଗ୍ରଣୀ ସାଜିଛି

ଭୁବନେଶ୍ୱର : ବିଗତ ବର୍ଷଗୁଡ଼ିକରେ ନିରନ୍ତର ଏବଂ ଦାୟିତ୍ୱ ସଂପନ୍ନ ଗ୍ରାହକମାନେ ବ୍ରାଣ୍ଡଗୁଡ଼ିକୁ ସେମାନଙ୍କ ଯୋଗାଣ ଶୃଙ୍ଖଳାରେ ସ୍ୱଚ୍ଛତା ଓ ନିରନ୍ତରତା ପ୍ରଦର୍ଶନ କରିବା ଲାଗି ଉତ୍ସାହିତ କରୁଛନ୍ତି। ଗ୍ରାହକମାନଙ୍କୁ ଶ୍ରେଷ୍ଠ ଗୁଣାତ୍ମକ ମାନର ଉତ୍ପାଦ ଯୋଗାଇବା ନେଇ ୨୦ ବର୍ଷର ପ୍ରତିବଦ୍ଧତାକୁ ଦୋହରାଇ ଓ ଏକ ସୁଦୃଢ଼ ଜାତୀୟ ବ୍ରାଣ୍ଡ ସୃଷ୍ଟି କରିବା ଲାଗି ଦେଶର ଆହ୍ୱାନ ଅନୁସାରେ ଭାରତର ଅଗ୍ରଣୀ ପୁରୁଷ ପରିଧାନ ଓ ଶିଶୁ ପରିଧାନ ବ୍ରାଣ୍ଡ ଇଣ୍ଡିଆନ ଟିରେନ୍ ପକ୍ଷରୁ ପରିବେଶର ସୁରକ୍ଷା ଓ ଗୁଜରାଟର ଫେୟାରଟ୍ରେଡ ଋଷୀଙ୍କୁ ସଶକ୍ତ କରିବା ଲାଗି ଏକ ସ୍ୱତନ୍ତ୍ର ନିରନ୍ତର ଫେସନ ପୋଷାକ ବର୍ଗ (ସଷ୍ଟେନେବଲ ଫେସନ୍ ଲାଇନ୍) ସୃଷ୍ଟି କରିବା ପାଇଁ ଫେୟାରଟ୍ରେଡ ଇଣ୍ଡିଆ ସହ ହାତ ମିଳାଯାଇଛି। ଫେସନ୍‌ର ସାମାଜିକ ଓ ପରିବେଶ ଉପସ୍ଥିତି ବୃଦ୍ଧି ପାଉଥିବାରୁ ପରିବର୍ତନକୁ ଆଗକୁ ବଢ଼ାଇବା ବ୍ରାଣ୍ଡ ଲାଗି ଅଧିକ ଗୁରୁତ୍ୱପୂର୍ଣ୍ଣ ହୋଇପଡ଼ିଛି। ନିରନ୍ତର ଫେସନ୍‌କୁ ମୁଖ୍ୟସ୍ରୋତରେ ପରିଣତ କରିବା ଲାଗି ଇଣ୍ଡିଆନ ଟେରେନ୍ ଏହାର ଭୂମିକାକୁ ସ୍ୱୀକୃତି ଦେଇଛି। ଏହି ଦିଗରେ ପଦକ୍ଷେପ ସ୍ୱରୂପ ଏକ ଫାୟାରଟ୍ରେଡ କ୍ୟାପସୁଲ ଉନ୍ମୋଚନ କରିବା ଲାଗି ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡ ହେବାକୁ କଂପାନି ପ୍ରତିବଦ୍ଧ। ଇଣ୍ଡିଆନ ଟେରେନ୍‌ର ଫେୟାରଟ୍ରେଡ ଲେବଲ ଥିବା ସମ୍ଭାର/ କ୍ୟାପସୁଲର ଅର୍ଥ ହେଉଛି ସମ୍ଭାର/କ୍ୟାପସୁଲ ତିଆରି କରିଥିବା କ୍ଷେତ ଓ କାରଖାନାଗୁଡ଼ିକରେ ସାମାଜିକ ଓ ପରିବେଶ ନିରନ୍ତରତା ମାନକକୁ ପାଳନ କରାଯାଇଛି। ଏହାର ଅର୍ଥ ହେଉଛି-ଋଷୀମାନେ ଉତ୍ପାଦିତ ସାମଗ୍ରୀ ପାଇଁ ଉଚିତ ମୂଲ୍ୟ ପାଇଛନ୍ତି, କେଣସି ହାନିକାରକ କିଟନାଶକ ବ୍ୟବହାର କରାଯାଇନାହିଁ, ଶିଶୁ ଶ୍ରମିକ ନିଷିଦ୍ଧ କରାଯାଇଛି ଏବଂ ଏହି ପୋଷାକଗୁଡ଼ିକ ତିଆରି ବେଳେ ପରିବେଶକୁ ସୁରକ୍ଷା ଦିଆଯାଇଛି।

ଏହି ସହଯୋଗିତା ସଂପର୍କରେ ଶ୍ରୀଯୁକ୍ତ ଚରଥ ନରସିମହନ୍, ପରିଋଳନା ନିର୍ଦ୍ଦେଶକ, ଇଣ୍ଡିଆନ ଟେରେନ୍ ଫେସନସ୍ ଲିମିଟେଡ କହିଛନ୍ତି ଯେ, ଥକ୍ରଙ୍କକ୍ଟଷ୍ପ;ଯେଉଁ ଫେସନ୍‌ର ଦୁନିଆକୁ ଆମେ ଜାଣିଥିଲୁ ତାହା ଉଦୀୟମାନ ହୋଇଛି ଏବଂ ବର୍ତମାନ ତାହା ଅଧିକ ପରିବେଶ ସଚେତନ ହୋଇପଡ଼ିଛି। ଏକ ଅଧିକ ନିରନ୍ତର ଜୀବନଯାପନ ଶୈଳୀକୁ ଗ୍ରହଣ କରିବା ବିଷୟରେ ଗ୍ରାହକମାନଙ୍କ ମଧ୍ୟରେ ଆଲୋଚନା ବଢ଼ିଛି। ଫେୟାରଟ୍ରେଡ ସହିତ ଆମର ସହଯୋଗିତା ଜରିଆରେ ବିଶ୍ୱାସ, ନିରନ୍ତରତା ଏବଂ ଗୁଣାତ୍ମକ ମାନକୁ ନେଇ ବୃଦ୍ଧି ପାଉଥିବା ଆବଶ୍ୟକତାକୁ ପୂରଣ କରିବା ପାଇଁ ନିରନ୍ତରତା ଦିଗରେ ଏହା ହେଉଛି ଅନ୍ୟତମ ପଦକ୍ଷେପ, ତେଣୁ ଭାରତର ପ୍ରଥମ ହାଇ ଷ୍ଟ୍ରିଟ ବ୍ରାଣ୍ଡରେ ପରିଣତ ହୋଇଛୁ ଯାହା ଗୁଜରାଟର ସୁରେନ୍ଦ୍ରନଗର ଜିଲ୍ଲାରୁ ଋଷୀଙ୍କ ଠାରୁ ଫେୟାରଟ୍ରେଡ କଟନ୍ ସଂଗ୍ରହ କରି ସ୍ୱତନ୍ତ୍ର ଉତ୍ପାଦ ବର୍ଗ ତିଆରି କରୁଛି। ସେ ଆହୁରି କହିଛନ୍ତି ଯେ, ଆଗକୁ ଫେୟାରଟ୍ରେଡ କଟନ୍, ରିସାଇକଲଡ କଟନ୍, ରିସାଇକଲଡ ପଲିଷ୍ଟର ଏବଂ ଅର୍ଗାନିକ ଓ ପ୍ରାକୃତିକ ଫାଇବର ଯଥା ବାଉଁଶ, ହେମ୍ପ ଯାହାକୁ ଆସନ୍ତା ତିନି ବର୍ଷ ଭିତରେ ସଚେତନ ଭାବେ ଏବଂ ନିରନ୍ତରତାର ସହ ସଂଗ୍ରହ କରାଯାଇଥିବ ତାହାକୁ ବ୍ୟବହାର କରି ସମଗ୍ର ପୋର୍ଟଫୋଲିଓର ୫୦ ପ୍ରତିଶତରୁ ଅଧିକ ଉତ୍ପାଦ ଉତ୍ପାଦନ କରିବାକୁ ଆମେ ଋହୁଁଛୁ। ଆମେ ସାର୍ଟିଫାଏଡ ଯୋଗାଣକାରୀଙ୍କ ସହ କାର୍ଯ୍ୟ କରିବୁ ଏବଂ ବ୍ୟବହାର ହେଉଥିବା କଂଋମାଲ କେଉଁଠାରେ ମିଳୁଛି ତାହା ଗୁରୁତ୍ୱାରୋପ କରି ଆମର ଲକ୍ଷ୍ୟ ସହିତ ଯୋଗାଣ ଶୃଙ୍ଖଳ ସହଯୋଗୀମାନଙ୍କୁ ଜଡ଼ିତ କରିବା ନିଶ୍ଚିତ କରିବୁ। ଜୈବ ବିଘଟିତ ପ୍ୟାକେଜିଂ ଏବଂ ଉତ୍ପାଦ ବଂଟନ ଜରିଆରେ ଅନ୍ୟାନ୍ୟ ପ୍ରକ୍ରିୟା ପର୍ଯ୍ୟନ୍ତ ମଧ ଆମେ ନିରନ୍ତରତାକୁ ସଂପ୍ରସାରିତ କରିବୁ। ଫେୟାରଟ୍ରେଡ ଇଣ୍ଡିଆ ସହଯୋଗିତାରେ ଇଣ୍ଡିଆନ ଟେରେନ୍‌ର ନୂଆ ସମ୍ଭାର ସବୁଠୁ ଫେସନେବଲ ପୋଷାକ ସହିତ ଦାୟିତ୍ୱବାନ ଷ୍ଟାଇଲର ଭାବ ପ୍ରଦାନ କରୁଛି। ସ୍ୱତନ୍ତ୍ର ଗ୍ରାଫିକ ପ୍ରିଂଟର ବିବିଧତା, ସଲିଡ ଓ ପାଷ୍ଟେଲ ରଙ୍ଗ ମିଶ୍ରଣର ବର୍ଗ ସହିତ ଇଣ୍ଡିଆନ ଟେରେନ୍ ପୋଷାକର ଆରାମ ଏହି ପୋଷାକକୁ ନିଶ୍ଚିତ ଦରକାରରେ ପରିଣତ କରିଛି। ଏହି କ୍ୟାପସୁଲ ସମ୍ଭାର ବର୍ତମାନ ପ୍ରଦାନ କରୁଛି ଟି;ର ସମ୍ଭାର ଯେଉଁଥିରେ ପୁରୁଷ ଓ ବାଳକଙ୍କ ପାଇଁ କ୍ରୁ ନେକ୍ ଟି-ସାର୍ଟ ରହିଛି ଏବଂ ଟି-ସାର୍ଟ ବ୍ୟତୀତ ସାର୍ଟ ଏବଂ ଟ୍ରାଉଜର ଆଦକି ନେଇ ଏକ ବୃହତ ସମ୍ଭାର ପର୍ଯ୍ୟନ୍ତ ଏହାକୁ ଆହୁରି ସଂପ୍ରସାରିତ କରାଯିବ। ପୁନଶ୍ଚ, ଗ୍ରାହକମାନେ ଇଣ୍ଡିଆନ ଟେରେନ୍ ଫେୟାରଟ୍ରେଡ ସମ୍ଭାରରୁ ଯେତେ ଅଧିକ ଉତ୍ପାଦ କିଣିବେ ଋଷୀ ସଂଗଠନଗୁଡ଼ିକ ସେତେ ଅଧିକ ପରିମାଣର ଫେୟାରଟ୍ରେଡ ପ୍ରିମିୟମ ପାଇପାରିବେ। ନିରନ୍ତରତା ଆପଣଙ୍କୁ ଭଲ ଅନୁଭୂତି ପ୍ରଦାନ କରିବ। ଅଭିଶେଷ ଜାନି, ସିଇଓ, ଫେୟାରଟ୍ରେଡ ଇଣ୍ଡିଆ କହିଛନ୍ତି ଯେ, ବିଶ୍ୱ ଫେସନ୍ ଶିଳ୍ପ କୋଭିଡ-୧୯ର ପ୍ରଭାବ ଦେଇ ଗତି କରୁଥିବା ବେଳେ ନିରନ୍ତରତାର ପ୍ରସାର ପାଇଁ ଇଣ୍ଡିଆନ ଟେରେନ୍ ବଳିଷ୍ଠ ପଦକ୍ଷେପ ଗ୍ରହଣ କରିଛି। ସେମାନଙ୍କ ଫେୟାରଟ୍ରେଡ ସମ୍ଭାର ଉନ୍ମୋଚନ ସହିତ ଇଣ୍ଡିଆନ ଟେରେନ୍ କେବଳ ଏହି ଗ୍ରହ ଓ ଯୋଗାଣ ଶୃଙ୍ଖଳର ସମ୍ବେଦନଶୀଳ ଗୋଷ୍ଠୀ ପ୍ରତି ଗଭୀର ପ୍ରତିବଦ୍ଧତା ପ୍ରଦର୍ଶନ କରିନାହିଁ ବରଂ ଭାରତୀୟ କପା ଋଷିଙ୍କୁ ସେମାନଙ୍କ ଉତ୍ପାଦ ପାଇଁ ଏକ ବଜାର ପ୍ରଦାନ କରିବା ସହ ସେମାନଙ୍କୁ ଉଚିତ ମୂଲ୍ୟ ପ୍ରଦାନ ପାଇଁ ପ୍ରତିବଦ୍ଧତାକୁ ଦୋହରାଇଛି। ଫେସନ୍ ଶିଳ୍ପରେ ପରିଋଳିତ ହେଉଥିବା ବ୍ରାଣ୍ଡ ଓ ବ୍ୟବସାୟଗୁଡ଼ିକୁ ପ୍ରଦୂଷଣ ଓ ଶୋଷଣ ଚକ୍ରରେ ସେମାନଙ୍କ ଭୂମିକାଙ୍କୁ ମାନ୍ୟତା ଦେବାକୁ ପଡ଼ିବ କିମ୍ବା ସକାରାତ୍ମକ ପରିବର୍ତନ ଓ ସାମାଜିକ ସଶକ୍ତୀକରଣର ବାର୍ତାବହ ହେବାକୁ ପଡ଼ିବ। ଇଣ୍ଡିଆନ ଟେରେନ୍ ଭଳି ଏକ ବଡ଼ ବ୍ରାଣ୍ଡ ପକ୍ଷରୁ ଶ୍ରେଷ୍ଠ ନିରନ୍ତରତାର ପ୍ରତିବଦ୍ଧତା ଋଷୀ ଗୋଷ୍ଠୀରେ ଭବିଷ୍ୟତ ବିକାଶ ପ୍ରକଳ୍ପ ଲାଗି ପଥ ପ୍ରଦର୍ଶକ ହେବ ଏବଂ ଏକ ଆଶାର କୀରଣ ଜାଗ୍ରତ କରିବ ଯେ ପରିବେଶ ଓ ସାମାଜିକ ଦାୟିତ୍ୱବାନ ଫେସନ୍ ପ୍ରତି ଗଭୀର ପ୍ରତିବଦ୍ଧତା ପ୍ରଦର୍ଶନ କରି ଏହି ମହାମାରୀରୁ ବାହରିବା ଲାଗି ଫେସନ୍ ଶିଳ୍ପ ନିଷ୍ପତି ନେଇପାରିବ।

## କୋଟାକ ମ୍ୟୁଚୁଆଲ ଫଣ୍ଡ୍ ଶୁଭାରମ୍ଭ କଲା ଡିଜିଟାଲ ପ୍ରଚାର ଅଭିଯାନ

ମୁମ୍ବଇ : "ଲକ୍‌ଡାଉନ ପରବର୍ତ୍ତୀ ସମୟରେ ଆପଣ କ'ଣ କରିବେ ?" ଉପଭୋକ୍ତାଙ୍କର ଏହି ମାନସିକତା ପ୍ରତି ଦୃଷ୍ଟିଦେଇ କୋଟାକ ମହିନ୍ଦ୍ରା ଆସେଟ୍ ମ୍ୟାନେଜମେଥକ୍ଷଷ୍ପ; କମ୍ପାନୀ (କୋଟାକ ମ୍ୟୁଚୁଆଲ ଫଣ୍ଡ) ତାହାର ଡିଜିଟାଲ ପ୍ରଚାରର ଅଭିଯାନ 'ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା'(ଶୁଭାରମ୍ଭ ସମ୍ପର୍କରେ ଘୋଷଣା କରିଛି- ଯାହାର ଅର୍ଥ ସ୍ୱପ୍ନରେ କଦାପି ଲକ୍‌ଡାଉନ ହୋଇପାରିବ ନାହିଁ। କୋଟାକ ମହିନ୍ଦ୍ରାର 'ଲେଟ୍‌ସ ପ୍ଲାନ' ଶିକ୍ଷାଭିତ୍ତିକ ଅନ୍‌ଲାଇନ ପ୍ଲାଟଫର୍ମ ଜରିଆରେ ପ୍ରଚଳନ କରାଯାଇଥିବା ଏହି ପ୍ରଚାର ଅଭିଯାନଦ ସ୍ୱପ୍ନକୁ ସାକାର କରିବା ପାଇଁ ନିୟମିତ ସଞ୍ଚୟ ଏବଂ ନିବେଶ କରିବାର ଗୁରୁତ୍ୱ ଉପରେ ଆଲୋକପାତ କରୁଛି। ବିଷୟବସ୍ତୁ ଏବଂ ଏକ ସହଜରେ ବୁଝିହେଉଥିବା ହିସାବ ସହାୟତାରେ ଏହି ଅଭିଯାନ ଉପଭୋକ୍ତାଙ୍କୁ ଅନ୍ତରୀଣ ଜଟିଳ ସମୟରେ ଉପଯୁକ୍ତ ମାର୍ଗରେ ଅଗ୍ରସର ହେବା ଏବଂ ସେମାନଙ୍କର ଆର୍ଥିକ ଯାତ୍ରାରେ ସଠିକ ପଥରେ ପରିଚାଳିତ ହୋଇ ସେମାନେ ହାସଲ କରିବାକୁ ଚାହୁଁଥିବା ଆର୍ଥିକ ଲକ୍ଷ୍ୟ ହାସଲରେ ସହାୟତା କରୁଛି। ଚାକିରୀ ଅଥବା ଜୀବିକା ଉପାର୍ଜନ ଉତ୍ସ ହରାଇବା ପରେ, ସାମ୍ପ୍ରତିକ ଦୃଶ୍ୟପଟ୍ଟରେ ଏସଆଇପିକୁ ବନ୍ଦ ରଖିବା ଅଥବା ଜାରି ରଖିବା, ସୀମିତ ବେତନ ମଧ୍ୟରେ କିଭଳି ଖର୍ଚ୍ଚ ଓ ପୁଞ୍ଜିନିବେଶକୁ ପରିଚାଳନା କରିବା ଆଦିକୁ ନେଇ ଜୀବନ ସହିତ କିଭଳି ଆଗକୁ ବଢିବାକୁ ହେବ ସେ ସମ୍ପର୍କିତ ଅନେକ ପ୍ରାସଙ୍ଗିକ ପ୍ରଶ୍ନର ଉତ୍ତର ଏହାର ବିଷୟବସ୍ତୁରେ ରହିଛି। ବିବିଧ ଡିଜିଟାଲ ମାଧ୍ୟମରେ ପ୍ରସାରିତ ହେବାକୁ ଥିବା ଏହି ପ୍ରଚାର ଅଭିଯାନର ଭିଡିଓରେ ଜୀବନର ବିଭିନ୍ନ କ୍ଷେତ୍ରରୁ ଉପଭୋକ୍ତାଙ୍କର ଆଶା ଆକାଙ୍କ୍ଷା ପ୍ରଦର୍ଶିତ ହୋଇଛି ଏବଂ 'ଲେଟ୍‌ସ ପ୍ଲାନ୍' କିଭଳି ଜନସାଧାରଣଙ୍କ ସ୍ୱପ୍ନକୁ ସୋପାନ ପରେ ସୋପାନ ସାକାର କରିବାରେ ସହାୟକ ହେଉଛି, ତାହା ବର୍ଣ୍ଣନା କରିଛି କୋଟାକ ମହିନ୍ଦ୍ରା ଆସେଟ ମ୍ୟାନେଜମେଉୟ' କମ୍ପାନୀ ଲିମିଟେଡର ଡିଜିଟାଲ ବିଜନେଓ ମାର୍କେଟିଂ ମୁଖ୍ୟ କିଞ୍ଜଲ ଶାହ କହିଛନ୍ତି, "ଆମର ପୁରସ୍କାରପ୍ରାପ୍ତ ପ୍ରଚାର ଅଭିଯାନ 'ଟକ୍ ଟୁ ମିଷ୍ଟର ଏସଆଇପି' ପରେ 'ସପ୍‌ନୋ ପେ କୋଇ ଲକ୍‌ଡାଉନ ନହି ହୋତା' ଉପଭୋକ୍ତାଙ୍କୁ ନୂତନ ସ୍ୱାଭାବିକ ପରିସ୍ଥିତିରେ ସେମାନଙ୍କର ଭବିଷ୍ୟତ ସମ୍ପର୍କରେ ଯୋଜନା କରିବା ଦିଗରେ ସହାୟତା କରିବାକୁ ଏକ ଅନନ୍ୟ ଶିକ୍ଷାଭିତ୍ତିକ ନିବେଶକ ପ୍ରୟାସ

ହୋଇଛି। ଏହି ପ୍ରଚାର ଅଭିଯାନର ମୂଳ ତତ୍ତ୍ୱ ହେଉଛି- ବିଶ୍ୱସ୍ତରରେ ଜୀବନ ଜୀବିକାକୁ ଧୂଳିସାତ୍ କରିଦେଇଥିବା ଭୟାନକ କରୋନାଭୂତାଣୁ ମହାମାରୀ କୋଭିଡ-୧୯ କଦାପି ଆର୍ଥିକ ଯୋଜନା ପ୍ରସ୍ତୁତି ପ୍ରକ୍ରିୟାରେ ସ୍ଥାଣୁତା ନଆଣୁ। 'ଲେଟ୍‌ସ ପ୍ଲାନ୍' ସହିତ ଉପଭୋକ୍ତାଙ୍କୁ ଏସଆଇପିର ପ୍ରମାଣିତ ଶକ୍ତି ବଳରେ ସେମାନଙ୍କ ଭବିଷ୍ୟତ ଯୋଜନା ପାଇଁ ଆବଶ୍ୟକ କରୁଥିବା ସାଧନ ଓ ସୂଚନା ପ୍ରଦାନକରି ସେମାନଙ୍କୁ ସଶକ୍ତ କରୁଛି।" ଏହି ପ୍ରଚାର ଅଭିଯାନ ଡିଜିଟାଲ ମାର୍କେଟିଂ ସଂସ୍ଥା ହାଇପର୍ କନେକ୍ଟ ଦ୍ୱାରା ପ୍ରସ୍ତୁତ କରାଯାଇଛି। ହାଇପର୍ କନେକ୍ଟର ସହ ପ୍ରତିଷ୍ଠାତା ତଥା କ୍ରିଏଟିଭ ମୁଖ୍ୟ କିରଣ ଖାଡ୍‌କେ କହିଛନ୍ତି, 'ସ୍ୱପ୍ନ ସଂପୂର୍ଣ୍ଣ ମାଗଣା, ତାହା ଜଣକୁ କେବଳ ସମ୍ଭାବନା ରହିଥିବାର ବିଶ୍ୱାସ ପ୍ରଦାନ କରେ। ଆମେ ଏହି ମୌଳିକ ତତ୍ତ୍ୱକୁ ବାଛିଲୁ ଏବଂ ତାହାକୁ ଏସଆଇପିର ମୂଳ ବିଷୟ ସହିତ ସଂଯୁକ୍ତ କଲୁ, ଏବଂ ତାହାପରେ ଏହି ପ୍ରଚାର ଅଭିଯାନ ସୃଷ୍ଟିହେଲା। ଭିଡିଓରେ ଏହି ବର୍ଣ୍ଣନାକୁ ପ୍ରତିପାଦନ କରାଯାଇଛି ଏବଂ ଏହାର ବିଷୟବସ୍ତୁ ନୂତନ ତଥା ପୂର୍ବରୁ ରହିଥିବା ନିବେଶକଙ୍କୁ ସହଜ ହିସାବ ଜରିଆରେ ସେମାନଙ୍କ ସ୍ୱପ୍ନକୁ ନେଇ ଅତ୍ୟନ୍ତ ସୂକ୍ଷ୍ମ ଭାବରେ ଯୋଜନା ପ୍ରସ୍ତୁତ କରିବାରେ ସହାୟତା କରୁଛି।"

## ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ଉପଯୋଗ କଲା ଇଣ୍ଡିଆ ପାୱାର

ଭୁବନେଶ୍ୱର: ଏକ ଅଗ୍ରଣୀ ଶକ୍ତି ୟୁଟିଲିଟି ଇଣ୍ଡିଆ ପାୱାର କର୍ପୋରେସନ ଲିମିଟେଡ (ଇଣ୍ଡିଆ ପାୱାର) ପବ୍ଲିକ ୟୁଟିଲିଟି ସେବାରେ ଘରୋଇ କ୍ଷେତ୍ର ସାମର୍ଥ୍ୟକୁ ସୁଲଭ ମୂଲ୍ୟରେ ଉପଯୋଗ କରିବାରେ ଧ୍ୱଜାଧାରୀ ଭାବେ ଉଭା ହୋଇଛି। ୧୯୧୯ରୁ ଉପଭୋକ୍ତାଙ୍କୁ ବିଦ୍ୟୁତ ଯୋଗାଇ ଆସୁଥିବା ରାଷ୍ଟ୍ରାୟତ୍ତ ଦିଶେରଗଡ ପାୱାର ସପ୍ଲାଇ କମ୍ପାନୀ (ଡିପିଏସ୍‌ସି)କୁ ଅଧିଗ୍ରହଣ କରିବା ଦ୍ୱାରା କମ୍ପାନୀ ତାହାର ସେବା ଯୋଗାଣରେ ସରକାରୀ ଏବଂ ଘରୋଇ କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିଛି। ଏହି ଅଧିଗ୍ରହଣ ଏକ ଆଧୁନିକ ୟୁଟିଲିଟି ସୃଷ୍ଟି କରିଛି ଯାହା ଗ୍ରାହକଙ୍କୁ ସେମାନେ ଦେଉଥିବା ମୂଲ୍ୟର ଉପଯୁକ୍ତ ସେବା ଦେବା ବ୍ୟବସ୍ଥାରେ ଉନ୍ନତି ଆଣିବା ନିମନ୍ତେ ଅଗ୍ରଣୀ ପ୍ରଯୁକ୍ତିକୁ ବ୍ୟବହାର କରୁଛି ଏବଂ ସମାଜ ପ୍ରତି ନିଜର ଦୃଢ ପ୍ରତିଶ୍ରୁତିବଦ୍ଧତା ରଖୁଛି। ଇଣ୍ଡିଆ ପାୱାର ଡିପିଏସ୍‌ସିର ଠିକାରେ ଥିବା କର୍ମଚାରୀଙ୍କ ସମେତ ପ୍ରାୟ ୨୦୦୦ କର୍ମଚାରୀଙ୍କୁ ସଶକ୍ତ କରିଛି ଏବଂ ସେମାନଙ୍କୁ ନିଜର ପୂର୍ବରୁ ରହିଥିବା ଲୋକଶକ୍ତି ସହିତ ସମନ୍ୱିତ କରିଛି। ଏହା ଏକ ଅନନ୍ୟ ସାଂସ୍କୃତିକ ସଂପ୍ରୀତି ସୃଷ୍ଟି କରିପାରିଛି ଯାହା କମ୍ପାନୀ ଭିତରେ ନୂତନ ଉଦ୍ଭାବନ ଏବଂ ସୃଜନଶୀଳତା ସଂସ୍କୃତିକୁ ପ୍ରୋତ୍ସାହିତ କରୁଛି। ଇଣ୍ଡିଆ ପାୱାର ତାହାର ଘରୋଇ, ବାଣିଜ୍ୟିକ ଏବଂ ଶିଳ୍ପ ଉପଭୋକ୍ତାଙ୍କୁ ଉନ୍ନତତର ସେବା ସୁଲଭ ମୂଲ୍ୟରେ ଯୋଗାଇବା ସକାଶେ ନେଟୱର୍କ ଓ ଆବଥକ୍ଷଷ୍ପ;ନ ଭିତ୍ତିଭୂମିକୁ ଉନ୍ନତ କରିବାକୁ ୫୦୦ କୋଟି ଟଙ୍କାରୁ ଅଧିକ ନିବେଶ କରିଛି। ନୂତନ ଭୌଗୋଳିକ ଅଞ୍ଚଳରେ ନିଜର କାର୍ଯ୍ୟକ୍ରମକୁ ସମ୍ପ୍ରସାରିତ କରିବା ପାଇଁ ସାନି ପୁଞ୍ଜିନିବେଶ କରିବାକୁ କମ୍ପାନୀ ପ୍ରତିଶ୍ରୁତିବଦ୍ଧ ଏବଂ ଉପଭୋକ୍ତା ଯେଭଳି ଭୋଲ୍‌ଟେଜରେ ହ୍ରାସବୃଦ୍ଧି, ଶକ୍ତି ବିଭ୍ରାଟ, ଶକ୍ତି ଯୋଗାଣରେ ବିଫଳତା ଏବଂ ଲୋଡ ସେଡିଂ ଆଦି କାରଣରୁ ପ୍ରଭାବିତ ନୁହଅନ୍ତି ତାହା ନିଶ୍ଚିତ କରିବାକୁ ବହୁ ରାଜ୍ୟ ସରକାରଙ୍କ ସହିତ ନିବିଡ ଭାବରେ ମିଶି କାର୍ଯ୍ୟ କରୁଛି। ମଧ୍ୟପ୍ରଦେଶ ସରକାର ଇଣ୍ଡିଆ ପାୱାରର ସହଯୋଗୀ କମ୍ପାନୀ ଏମ୍‌ପି ସ୍ମାର୍ଟଗ୍ରୀଡ ପ୍ରାଇଭେଟ ଲିମିଟେଡକୁ ନିକଟରେ ଏକ ପ୍ରଥମ ଧରଣର ପ୍ରକଳ୍ପ ପ୍ରଦାନ କରିଛନ୍ତି। କମ୍ପାନୀ ଉଜ୍ଜୟିନ, ରତ୍‌ଲାମ, ଦେଓ୍ୱାସ, ଖାରଗୋନ୍ ଏବଂ ମାଉ ଆଦି ସ୍ଥାନରେ ୩୫୦,୦୦୦ ସ୍ମାର୍ଟ ମିଟର ସ୍ଥାପନ କାର୍ଯ୍ୟ ଆରମ୍ଭ କରିଛି। ଉପଭୋକ୍ତାଙ୍କ ଘରେ ସ୍ମାର୍ଟ ମିଟର ସ୍ଥାପନ ସହିତ ଏହି ପ୍ରକଳ୍ପରେ ଏକ ପାୱାର ନେଟୱର୍କ ପାଇଁ ଭିତ୍ତିଭୂମି ସ୍ଥାପନ ଏବଂ ପାଞ୍ଚବର୍ଷ ପର୍ଯ୍ୟନ୍ତ ତାହାର ପରିଚାଳନା ଓ ରକ୍ଷଣାବେକ୍ଷଣ (ଓ ଆଣ୍ଡ ଏମ୍) ମଧ୍ୟ ଅନ୍ତର୍ଭୁକ୍ତ। ସରକାରୀ ଓ ଘରୋଇ କ୍ଷେତ୍ରର ସମ୍ମିଳିତ ସାମର୍ଥ୍ୟକୁ ସାକାର ରୂପ ଦେବାନେଇ କମ୍ପାନୀର ସାମର୍ଥ୍ୟ ସମ୍ପର୍କରେ ପ୍ରକାଶକରି ଇଣ୍ଡିଆ ପାୱାରର ପରିଚାଳନା ନିର୍ଦ୍ଦେଶକ ଶ୍ରୀ ରାଘବ ରାଜ କନୋରିଆ କହିଛନ୍ତି, "ଇଣ୍ଡିଆ ପାୱାରରେ ଆମେ ଦୁଇଟି କ୍ଷେତ୍ରର ସର୍ବୋତ୍ତମକୁ ସମ୍ମିଶ୍ରଣ କରିବାରେ ସମର୍ଥ ହୋଇଛୁ। ଉପଭୋକ୍ତା ସନ୍ତୁଷ୍ଟିକୁ ଆଗେଇନେବାରେ ଘରୋଇ କ୍ଷେତ୍ରର ଉଲ୍ଲେଖନୀୟ ସାମର୍ଥ୍ୟ ହେଉ କିମ୍ବା କର୍ମଚାରୀ କଲ୍ୟାଣ ନିମନ୍ତେ ସରକାରୀ କାର୍ଯ୍ୟ ସଂସ୍କୃତି- ଇଣ୍ଡିଆ ପାୱାର ସବୁ କ୍ଷେତ୍ରରେ ସଫଳ ହୋଇଛି। ଆମେ ଡିପିଏସ୍‌ସିର ସମସ୍ତ କର୍ମଚାରୀଙ୍କୁ ବଜାୟ ରଖିଛୁ, ସେମାନଙ୍କୁ ପୁନଃ ତାଲିମ ପ୍ରଦାନ ସହିତ ସଶକ୍ତ କରିଛୁ, ଆଡଭାନ୍‌ସଡ ମିଟରିଂ ଇନଫ୍ରାଷ୍ଟ୍ରକଚର (ଏଏମ୍‌ଆଇ), ଏସ୍‌ସିଏଡିଏ ଏବଂ ଇଥକ୍ଷଷ୍ପ;ରନେଟ ଅଫ୍ ଥିଙ୍ଗ୍‌ସ (ଆଇଓଟି) ଭଳି ଆଧୁନିକ ପ୍ରଯୁକ୍ତିକୌଶଳରେ ପୁଞ୍ଜିନିବେଶ କରିବା ସହିତ ଆମର ସମସ୍ତ ଅଂଶୀଦାରଙ୍କ ପାଇଁ ଏକ ଲାଭଜନକ ପରିବେଶ ସୃଷ୍ଟି କରିଛୁ।" ଇଣ୍ଡିଆ ପାୱାର୍‌ର ପୂର୍ଣ୍ଣକାଳୀନ ନିର୍ଦ୍ଦେଶକ ତଥା ଶକ୍ତି ଶିଳ୍ପର ଜଣେ ପ୍ରବୀଣ ବ୍ୟକ୍ତି ଶ୍ରୀ ସୋମେଶ ଦାସଗୁପ୍ତା କହିଛନ୍ତି, "ଡିପିଏସ୍‌ସି ଏହାର ଲାଇସେନ୍ସ ଅଧୀନ ଅଞ୍ଚଳରେ ଥିବା ଗୁରୁତ୍ୱପୂର୍ଣ୍ଣ ଖଣି କ୍ଷେତ୍ରଗୁଡିକୁ ଏକାଗ୍ରତା, ଉତ୍ସର୍ଗୀକୃତ ଭାବ ଏବଂ ଶୃଙ୍ଖଳିତ ଭାବେ ଶକ୍ତି ଯୋଗାଇ ଦେଉଛି। ଅଧିଗ୍ରହଣ ପରବର୍ତ୍ତୀ ସମୟରେ ଇଣ୍ଡିଆ ପାୱାର ସୁଲଭତା ସହିତ ମାନକୁ ସଂଯୁକ୍ତ କରିଛି ଏବଂ ଉପଭୋକ୍ତାଙ୍କ ପାଇଁ ସେମାନଙ୍କ ଅର୍ଥର ଉପଯୁକ୍ତ ମୂଲ୍ୟ ପ୍ରଦାନ ସ୍ଥିତିରେ ପୁନଃ ଉନ୍ନତି ଆଣିଛି। ସରକାରୀ କ୍ଷେତ୍ର ସେବା ଯୋଗାଣରେ ଘରୋଇ କ୍ଷେତ୍ରର ଅଭିଜ୍ଞତାକୁ ସମ୍ମିଶ୍ରିତ କରିବାରେ କମ୍ପାନୀ ଏକ ମାନଦଣ୍ଡ ସ୍ଥାପନ କରିଛି ଏବଂ ସମଗ୍ର ଭାରତରେ ରାଜ୍ୟ ସରକାରମାନଙ୍କ ଦ୍ୱାରା ଏକ ପସନ୍ଦଯୋଗ୍ୟ ସହଭାଗି ଭାବରେ ବିବେଚିତ ହେଉଛି।

## ପଥର ବୋଝେଇ ଟ୍ରକ ଜବତ,ଚାଳକ ଗିରଫ

ଖୋର୍ଦ୍ଧା, (ପିଏନ): ବେଗୁନିଆ ଥାନା ଅଂଚଳରେ ବେଆଇନ ଭାବରେ ମାଙ୍କଡା ପଥର ଚୋରା ଚାଲାଣ ହେଉଥିବାରୁ ପୋଲିସ ସକ୍ରିୟ ଭୂମିକା ଗ୍ରହଣ କରି ପଥର ଟ୍ରକ ଜବତ କରିବା ସହ ଚାଳକକୁ ଗିରଫ କରୁଛି । ଚାଳକ ଦ୍ୱୟ ହେଲେ ସନ୍ତୋଷ ରଣସିଂହ ଓ ଲୋକନାଥ ପରିଡା ।




# ଓଡ଼ିଶାର ସାମ୍ରଗ୍ରିକ ବିକାଶ କେବଳ କଂଗ୍ରେସ ହିଁ କରିଛି ଏବଂ କରିବ

ଭୁବନେଶ୍ୱର (ପିଏନ୍)- ଜନସଂପର୍କ ଯାତ୍ରାର ପ୍ରଥମ ପର୍ଯ୍ୟାୟର ତୃତୀୟ ଦିନରେ ବାଲେଶ୍ୱର ଆଇଟିଆଇ ପଡ଼ିଆରେ ଆୟୋଜିତ ଏକ ସାଧାରଣ ସଭାରେ ପ୍ରଦେଶ କଂଗ୍ରେସ ସଭାପତି ଶ୍ରୀ ଶରତ ପଟ୍ଟନାୟକ କଂଗ୍ରେସ ନେତୃବର୍ଗ, କର୍ମୀ ଓ ସାଧାରଣ ଜନତାଙ୍କୁ ସମ୍ବୋଧିତ କରି କହିଲେ ଯେ ବାଲେଶ୍ୱର ମାଟି ହେଉଛି ବ୍ୟାସକବି ଫକୀର ମୋହନଙ୍କର ମାଟି। ଏ ବାଲେଶ୍ୱର ଜିଲ୍ଲା ଧାନ, ପାନ ଓ ମିନର ଜିଲ୍ଲା। ଆଜି ଓଡ଼ିଶାରେ ଯେଉଁ କିଛି ବୃହତ ଶିଳ୍ପ ଆପଣ ଦେଖୁଛନ୍ତି ତାହା କେବଳ କଂଗ୍ରେସ ସରକାର ସମୟରେ ହିଁ ହୋଇଥିଲା। ସେ ପାରାଦ୍ୱୀପ ବନ୍ଦର, ରାଉରକେଲା ଷ୍ଟିଲ ପ୍ଲାଂଟ, ନାଲକୋ, ହାଲ, ଗୋଳାବାରୁଦ କାରଖାନାଠାରୁ ଆରମ୍ଭ କରି ଚିଲିକାରେ ନୌବାହିନୀ ତାଲିମ କେନ୍ଦ୍ର ଇତ୍ୟାଦି ଏହାର ମୂକସାକ୍ଷୀ। ଭାରତବର୍ଷର ପ୍ରଥମ ପ୍ରଧାନମନ୍ତ୍ରୀ ଜବାହରଲାଲ ନେହେରୁଙ୍କର ପ୍ରଧାନମନ୍ତ୍ରିତ୍ୱ କାଳରେ ଓଡ଼ିଶାର ଶିଳ୍ପ ବିକାଶ ଓ ଓଡ଼ିଶାର ଭବିଷ୍ୟତର ଇତିହାସ ଲେଖାଯାଇଥିଲା। ସେହିଭଳି ଭାବରେ କଂଗ୍ରେସ ସରକାର ସମୟରେ ରାଜ୍ୟରେ ଶିଳ୍ପର ବାତାବରଣକୁ ସୃଷ୍ଟି କରିବା ପାଇଁ ପ୍ରତ୍ୟେକ ଜିଲ୍ଲାର ଶିଳ୍ପାଂଚଳ ସୃଷ୍ଟି କରାଯାଇ ବହୁ ଶିଳ୍ପ ପ୍ରତିଷ୍ଠା କରାଯାଇଥିଲା। ବାଲେଶ୍ୱର ଜିଲ୍ଲାରେ ବିର୍ଲା ଟାୟାର୍ସ, ପୋଲାର ଲାଟେକ୍ସ, ଇସ୍ପାତ ଆଲଓ୍ୱେଜ ଏବଂ ଗ୍ୟାସ ସିଲିଣ୍ଡର ଉତ୍ପାଦନ କାରଖାନା ମଧ୍ୟ କରାଯାଇଥିଲା। ଶିକ୍ଷାର ବିକାଶ ପାଇଁ ଶିଳ୍ପ ତାଲିମ କେନ୍ଦ୍ରଠାରୁ ଆରମ୍ଭ କରି ବହୁ ନୂଆ କଲେଜ, ବିଦ୍ୟାଳୟମାନ ପ୍ରତିଷ୍ଠା କରାଯାଇଥିଲା। କିନ୍ତୁ ଦୁଃଖର କଥା ମୁଖ୍ୟମନ୍ତ୍ରୀ ଦୀର୍ଘ ୧୦ବର୍ଷ କାଳ ଧରି ଦେଶ ଭିତରେ ଏବଂ ଦେଶ ବାହାରେ ପୁଂଜିପତିମାନଙ୍କୁ ଆକୃଷ୍ଟ କରିବା ଉଦ୍ଦେଶ୍ୟରେ ବହୁ ବୈଠକ କରୁଛନ୍ତି। ସରକାର ନିଜେ କହୁଛନ୍ତି ଲକ୍ଷ ଲକ୍ଷ କୋଟି ଟଙ୍କାର ପୁଂଜି ଆସିଛି କିନ୍ତୁ ବାଲେଶ୍ୱର ଜିଲ୍ଲାରେ ଏହି ୨୨ ବର୍ଷ ଭିତରେ କେତୋଟି ଶିଳ୍ପ ହୋଇଛି ବୋଲି ପ୍ରଶ୍ନ କରିଛନ୍ତି ଶରତ। ଏ ଜିଲ୍ଲାର ବହୁ ଲୋକଙ୍କର ଜୀବନରେଖା ଥିଲା ବିର୍ଲା ଟାୟାର୍ସ, ବାଲେଶ୍ୱର/ଇସ୍ପାତ ଆଲଓ୍ୱେଜ ଆଜି ବନ୍ଦ କାହିଁକି। ମୁଖ୍ୟମନ୍ତ୍ରୀ ଏ ଶିଳ୍ପପତିଙ୍କ ସହିତ କେତେଥର ଆଲୋଚନା କରିଛନ୍ତି। କେତୋଟି କୃଷିଭିତିକ ଶିଳ୍ପ ଏ ଜିଲ୍ଲାରେ ଅଛି। ରାଜ୍ୟ ସରକାର କହିବେ କି ଶୀତଳ ଭଣ୍ଡାର କେଉଁ କେଉଁ ଜାଗାରେ କରିଛନ୍ତି। ଆଜି ସାରା ଓଡ଼ିଶାର ଶିକ୍ଷିତ ଯୁବକଯୁବତୀମାନେ ଶହ ଶହ କିଲୋମିଟର ଦୂରକୁ ଯାଉଛନ୍ତି ନିଜର କର୍ମନିଯୁକ୍ତି ପାଇଁ। ୨୨ ବର୍ଷପରେ ଓଡ଼ିଶା ଆଜି ସବୁ କ୍ଷେତ୍ରରେ ପଛୁଆ। ଏପରିକି ରୋଜଗାର କ୍ଷେତ୍ରରେ ଆମେ ଝାଡ଼ଖଣ୍ଡ, ବିହାର ଠାରୁ ମଧ୍ୟ ପଛୁଆ। ଏ ଜିଲ୍ଲାର କୃଷକ ଭାଇଙ୍କ କଥା କହିବି ନାହିଁ। ବାରମ୍ବାର ପ୍ରତିଶୃତି ଦିଆଯାଇଥିଲା ଯେ ପ୍ରତ୍ୟେକ ବ୍ଲକରେ ସର୍ବନିମ୍ନ ୩୫% ଜଳସେଚନ କରାଯିବ ବୋଲି। ୨୦୦୯ରେ ଦେଇଥିବା ପ୍ରତିଶୃତିକୁ ୨୦୨୨ରେ ବି ପୂରଣ ହୋଇପାରିଲା ନାହିଁ। ମୁଖ୍ୟମନ୍ତ୍ରୀଙ୍କର ଆନ୍ତରିକତା ନାହିଁ, ନିଷ୍ଠା ନାହିଁ ରାଜ୍ୟକୁ ଆଗକୁ ନେବାପାଇଁ। ପ୍ରତିଦିନ ମାଳ ମାଳ ଯୋଜନା ଏତେ ଯୋଜନା ପରେ ମଧ୍ୟ କାହିଁକି ଏ ସମସ୍ତ ଯୋଜନା ରାଜ୍ୟର ଜନଜୀବନର ସାମୂହିକ ପରିବର୍ତନ କରିପାରିଲା ନାହିଁ। ଗୋଟେ ରାଜ୍ୟର ଭବିଷ୍ୟତ ଜୋତା, ଛତା, ଲାପଟପ, ସାଇକେଲ, ଦୁଇହଳ ପୋଷାକ ଓ ଅଣ୍ଡା ଦ୍ୱାରା ନିର୍ଦ୍ଧାରଣ କରାଯାଇପାରିବ ନାହିଁ। ଏଥିପାଇଁ ଯୋଜନା ସହିତ ନିଷ୍ଠାର ଆବଶ୍ୟକତା ରହିଛି। କଂଗ୍ରେସ ସରକାର ଆସିଲେ ୨୦୦ ୟୁନିଟ ପର୍ଯ୍ୟନ୍ତ ମାଗଣା ବିଜୁଳି ସମସ୍ତଙ୍କୁ ଯୋଗାଇ ଦିଆଯିବ। ଏ ଜିଲ୍ଲାର ନୂତନ ଶିଳ୍ପ ପ୍ରତିଷ୍ଠା କରିବା ସହିତ କୃଷି ବିଶ୍ୱବିଦ୍ୟାଳୟ ତୁରନ୍ତ ସ୍ଥାପନ କରିବୁ। ଆମେ ଯେଉଁ ଏମ୍ସ ହସପିଟାଲ କରିଥିଲୁ ଏହାକୁ ପୂର୍ଣ୍ଣ କ୍ଷମତା ବିଶିଷ୍ଟ ହସପିଟାଲ କରିବୁ। ମୋର କଂଗ୍ରେସ କର୍ମୀ ଭାଇମାନଙ୍କୁ ଓ ନେତୃବର୍ଗଙ୍କୁ ଯୋଡ଼ହସ୍ତରେ ନିବେଦନ ଆମେ ସମସ୍ତେ ସମସ୍ତ ମନୋମାଳିନ୍ୟକୁ ଭୁଲି ଏକ ହୋଇ କଂଗ୍ରେସକୁ ରାଜ୍ୟ ଶାସନକୁ ଆଣିବୁ। ବାଲେଶ୍ୱର ଜିଲ୍ଲା କଂଗ୍ରେସ କମିଟି ସଭାପତି ଶ୍ରୀ ସଂଜିବ ଗିରିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଜନସଭାରେ ଅନ୍ୟମାନଙ୍କ ମଧ୍ୟରେ ସାଂସଦ ପ୍ରାର୍ଥୀ ନବଜ୍ୟୋତି ପଟ୍ଟନାୟକ, ପୂର୍ବତନ ସାଂସଦ ଅନନ୍ତ ପ୍ରସାଦ ସେଠୀ, ପୂର୍ବତନ ମନ୍ତ୍ରୀ ଯୁଧିଷ୍ଠିର ଜେନା, ପୂର୍ବତନ ବିଧାୟକ ଗୋପନାରାୟଣ ଦାସ, ଦେବାଶିଷ ପଟ୍ଟନାୟକ, ଅକ୍ଷୟ ଆଚାର୍ଯ୍ୟ, ପିସିସି ଉପସଭାପତି ସୁରେଶ ମହାପାତ୍ର, କିଶୋର ଜେନା, ଶୁଭେନ୍ଦୁ ମହାନ୍ତି, ଲୋକନାଥ ମହାରଥି, ଜ୍ଞାନରଂଜନ ପଟ୍ଟନାୟକ, ଜାନକୀବଲ୍ଲଭ ପଟ୍ଟନାୟକ, ଅର୍ଚ୍ଚନା ନନ୍ଦି, ପ୍ରଜ୍ଞା ମହାନ୍ତି, ମମତା କୁଣ୍ଡୁ, ଚିତ ଷଡ଼ଙ୍ଗୀ, ମନୋଜମଂଜରି ଦେବୀ, ବିଜନ ଦାସ, ଭୁବନେଶ୍ୱର ଜିଲ୍ଲା କଂଗ୍ରେସ ସଭାପତି ଶ୍ରୀ ବିଶ୍ୱଜିତ ଦାଶ, ମୟୁରଭଂଜ ଜିଲ୍ଲା କଂଗ୍ରେସ ସଭାପତି ହେମନ୍ତ ଦାସ, ସୁଦର୍ଶନ ଦାସ, ସତ୍ୟଶିବ ଦାସ, ରାଜ୍ୟ ସାମାଜିକ ଗଣମାଧ୍ୟମ ବିଭାଗ ଅଧ୍ୟକ୍ଷ ଅଭିଷେକ ମହାନନ୍ଦ, ରଂଜନ ଦାସ, ଗୌତମ ସାହୁ, ପଦ୍ମାକର ଗୁରୁ ସମେତ ଜିଲ୍ଲାର ସମସ୍ତ ବ୍ଲକ କଂଗ୍ରେସ ସଭାପତିଗଣ ଏବଂ ଜିଲ୍ଲାର କଂଗ୍ରେସର ଯୁବ ମହିଳା, ଛାତ୍ର କର୍ମୀ ହଜାର ହଜାର ସଂଖ୍ୟାରେ ଯୋଗଦେଇଥିଲେ। ଶେଷରେ ପିସିସି ସଂପାଦକ ଅର୍ଚ୍ଚନା ନନ୍ଦି ଧନ୍ୟବାଦ ଅର୍ପଣ କରିଥିଲେ। ପ୍ରାରମ୍ଭରେ ପିସିସି ସଭାପତି ଶ୍ରୀ ପଟ୍ଟନାୟକଙ୍କୁ ଏକ ବିରାଟ ଶୋଭାଯାତ୍ରାରେ ସହର ପରିକ୍ରମା କରାଯାଇ ଆଇଟିଆଇ ପଡ଼ିଆ ପର୍ଯ୍ୟନ୍ତ ନିଆଯାଇଥିଲା। ଏଠାରେ ସୂଚାଇ ଦେଉଛିକି ଏହିପରି ଜନସଂପର୍କ ଯାତ୍ରା ପରବର୍ତୀ ପର୍ଯ୍ୟାୟରେ ରାଜ୍ୟର ସମସ୍ତ ଜିଲ୍ଲାରେ ଅନୁଷ୍ଠିତ ହେବ।

# ଆଜି ନେତ୍ରୋତ୍ସବ: ଅନ୍ତିମ ପର୍ଯ୍ୟାୟରେ ବ୍ରହ୍ମ ତାଳଧ୍ୱଜ ରଥ ନିର୍ମାଣ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡାର ଆରାଧ୍ୟ ପ୍ରଭୁ ଶ୍ରୀବଳଦେବଜୀଉଙ୍କ ନେତ୍ରୋତ୍ସବ ଆଜି। ପ୍ରଭୁ ଶ୍ରୀଜୀଉଙ୍କ ନବଯୌବନ ଦର୍ଶନ କରିବେ ଭକ୍ତ ଓ ଶ୍ରଦ୍ଧାଳୁମାନେ। ଏଥିପାଇଁ ସିଦ୍ଧବଳଦେବଜୀଉ ମନ୍ଦିର ପ୍ରଶାସନ ପକ୍ଷରୁ ରଥ ନିର୍ମାଣ କାର୍ଯ୍ୟ ବିଶ୍ୱକର୍ମାମାନଙ୍କ ଦ୍ୱାରା ଅନ୍ତିମ ପର୍ଯ୍ୟାୟରେ ପହଞ୍ଚିଛି। ଶୁକ୍ରବାର ଅନୁଷ୍ଠିତ ହେବ ବିଶ୍ୱପ୍ରସିଦ୍ଧ ଶ୍ରୀକ୍ଷେତ୍ର ରଥଯାତ୍ରା। ସେହି ଅନୁଯାୟୀ ତୁଳସୀକ୍ଷେତ୍ରରେ ମଧ୍ୟ ପ୍ରଭୁ ଶ୍ରୀବଳଦେବଜୀଉଙ୍କ ବ୍ରହ୍ମ ତାଳଧ୍ୱଜ ରଥ ଗଡ଼ିବ। ବ୍ରହ୍ମ ତାଳଧ୍ୱଜ ରଥ ନିର୍ମାଣ କାର୍ଯ୍ୟ ପ୍ରାୟତଃ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ନେତ୍ରୋତ୍ସବ ପରଦିନ ଅନୁଷ୍ଠିତ ହେବ ଉଭା ଯାତ୍ରା। ଏହା ପରଦିନ ଗୁଣ୍ଡିଚା ବା ଘୋଷ ଯାତ୍ରା। ଶ୍ରୀଜୀଉମାନେ ଅଣସର ଘରେ ଅଛନ୍ତି। ନେତ୍ରୋତ୍ସବ ଦିନ ଠାକୁରଙ୍କ ନେତ୍ର ଫିଟିବ। ଏହି ଦିନ ଠାକୁରମାନେ ଅଣସରପିଣ୍ଡି ଛାଡିବେ। ଠାକୁରମାନେ ଆସି ମଝି ଦେଉଳରେ ଉଭା ହେବେ। ଏହାପରେ ଠାକୁରମାନେ ଆଉ ରତ୍ନ ବେଦୀକୁ ବିଜେ କରିବେ ନାହିଁ। ଏହାର ପରଦିନ ଅର୍ଥାତ ଶ୍ରୀଗୁଣ୍ଡିଚା ଦିନ ପହଣ୍ଡି ହୋଇ ରଥକୁ ବିଜେ କରିବେ। ବାହୁଡା ଯାତ୍ରା ସାରି ନିଳାଦ୍ରୀ ବିଜେ ଦିନ ଶ୍ରୀଜୀଉମାନେ ପୁଣି ବଡ଼ ଦେଉଳକୁ ବିଜେ କରିବେ। ଏଥିପାଇଁ ମନ୍ଦିର ପ୍ରଶାସନ ପକ୍ଷରୁ ସମସ୍ତ ବ୍ୟବସ୍ଥା କରାଯାଇଛି। ୨୦୨୦ ଓ ୨୦୨୧ ମସିହାରେ କରୋନା କଟକଣା ଯୋଗୁଁ ରଥଯାତ୍ରା ଅନୁଷ୍ଠିତ ହୋଇ ନ ଥିଲା। କରୋନା କଟକଣା ଏଥିରେ ବାଧକ ସାଜିଥିଲା। ଯାହାଦ୍ୱାରା ଭକ୍ତମାନେ ଠାକୁରଙ୍କୁ ରଥରେ ଦେଖିବାର ସୁଯୋଗରୁ ବଞ୍ଚିତ ହୋଇଥିଲେ। କିନ୍ତୁ ଚଳିତ ବର୍ଷ ଆଉ କଟକଣା ପ୍ରାୟତଃ ନାହିଁ। କିନ୍ତୁ ଏବେ କରୋନା ଟିକେ ଉପହମୁହାଁ ହୋଇଥିବାରୁ ତୁଣ୍ଡି ବ୍ୟବହାର କରିବା ସ୍ୱାସ୍ଥ୍ୟ ପକ୍ଷରେ ଲାଭ ଦାୟକ ହେବ। କାରଣ ପ୍ରବଳ ଗହଳି ଯୋଗୁ ଯଦି କୌଣସି ବ୍ୟକ୍ତି ସଂକ୍ରମିତ ହୋଇଥିବେ ତାହା ହେଲେ ତାହା ଅନ୍ୟ ଭକ୍ତଙ୍କୁ ସଂକ୍ରମିତ କରିବାର ଆଶଙ୍କା ରହିଛି। ତେଣୁ ତୁଣ୍ଡି ବ୍ୟବହାର କରିବା ଉଚିତ ବୋଲି ବିଶେଷଜ୍ଞମାନେ ମତବ୍ୟକ୍ତ କରିଛନ୍ତି। କାରଣ କରୋନା ଜାତୀୟ ସ୍ତରରେ ଦୁଇ ଅଙ୍କ ଛୁଇଁ ସାରିଲାଣି। ଓଡିଶାରେ ମଧ୍ୟ ଏହା ଉପରମୁହାଁ ଅଛି। ତେଣୁ କିପରି ସୁରକ୍ଷିତ ରଥଯାତ୍ରା ଅନୁଷ୍ଠିତ ହେବ ସେ ନେଇ ଶ୍ରୀବଳଦେବଜୀଉ ମନ୍ଦିର ପ୍ରଶାସନ ପକ୍ଷରୁ ପ୍ରସ୍ତୁତି କାର୍ଯ୍ୟ ଆଗେଇ ଚାଲିଛି। ଚଳିତ ରଥଯାତ୍ରାରେ ବହୁ ସଂଖ୍ୟାରେ ଭକ୍ତଙ୍କ ସମାଗମ ହେବ। କାରଣ ଦୁଇ ବର୍ଷ ହେବ ଭକ୍ତମାନେ ରଥଯାତ୍ରା ଦେଖିବାରୁ ବଞ୍ଚିତ ହୋଇଥିଲେ।

# ଦୀପ ତଳ ଅନ୍ଧାର: ସାଇ ନଗର ବାସିନ୍ଦା କ'ଣ ସରକାରଙ୍କ ସାବତ ପୁଅ ?



ଭୁବନେଶ୍ୱର (ପିଏନ୍): ଗତ ୭ ଏପ୍ରିଲ ୨୦୨୧ ଠାରୁ ଭୁବନେଶ୍ୱର ମ୍ୟୁନିସିପାଲ କମିଶନର ଭୁବନେଶ୍ୱରସ୍ଥିତ ୨୨ ନଂ ୱାର୍ଡର ସାଇ ନଗର ବାସିନ୍ଦାମାନେ ଲିଖିତ ଭାବେ ଅଭିଯୋଗ କରିଥିଲେ ଏବଂ ପୁନର୍ବାର ୧ ଏପ୍ରିଲ ୨୦୨୨ ମାନନୀୟା ଡେପୁଟୀ ମେୟରଙ୍କୁ ସ୍ଥାନୀୟ ବାସିନ୍ଦାମାନେ ଲିଖିତ ଭାବେ ଅଭିଯୋଗ ଦାଖଲ କରିଥିଲେ। ପକ୍କା ରାସ୍ତା, ଡ୍ରେନ ବ୍ୟବସ୍ଥା ଏବଂ ପରିମଳ ବ୍ୟବସ୍ଥା ଯଥାଶୀଘ୍ର ଆରମ୍ଭ କରିବା ପାଇଁ କିନ୍ତୁ ବିଡମ୍ବନାର ବିଷୟ ବର୍ଷେରୁ ଉର୍ଦ୍ଧ୍ୱ ପୁରିବାକୁ ବସିଲାଣି ସ୍ଥାୟୀ ବାସିନ୍ଦାଙ୍କର ଗୁହାରିକୁ କର୍ତୃପକ୍ଷ କୌଣସି ପରିସ୍ଥିତିରେ କର୍ଣ୍ଣପାତ କରିଲେ ନାହିଁ। ଯାହାଫଳରେ ଲୋକମାନେ ନିଜର ମୌଳିକ ଅଧିକାର ପାଇପାରୁନାହାଁନ୍ତି। ସାଇ ନଗର ଯୋଉଟା କି ବିଏମ୍ସିର ୱାର୍ଡ ନଂ-୨୨ ଅନ୍ତର୍ଗତ। ୫ଟି ଲେନ୍ ବିଶିଷ୍ଟ ଏବଂ ୭୦ଟି ଘର, ୧୫୦ ପ୍ଲଟ ବର୍ତମାନ କାର୍ଯ୍ୟ ଚାଲିଛି। ୫୦୦ ଜଣ ସ୍ଥାନୀୟ ବାସିନ୍ଦା ଗତ ୧୪ବର୍ଷ ହେଲା ସେହି ଯାଗାରେ ରହିଆସୁଛନ୍ତି। ଦୁଃଖ ଓ ବଡମ୍ବନାର ବିଷୟ କି ଅଭିଯୋଗର ବର୍ଷେରୁ ଉର୍ଦ୍ଧ୍ୱ ପୁରିଗଲେ ସୁଦ୍ଧା ପ୍ରଶାସନ ପକ୍ଷରୁ କୌଣସି ପଦକ୍ଷେପ ଗ୍ରହଣ କରାଯାଇନାହିଁ। ସମସ୍ତ ବାସିନ୍ଦାମାନେ ବିଏମ୍ସିକୁ ହୋଲ୍ଡିଙ୍ଗ ଟ୍ୟାକ୍ସ ଦେଉଛନ୍ତି। ଉକ୍ତ ସାଇ କଲୋନୀରେ ଅବସରପ୍ରାପ୍ତ ସରକାରୀ କର୍ମଚାରୀ, ବରିଷ୍ଠ ନାଗରିକ, ମହିଳା ଏବଂ ଛାତ୍ରଛାତ୍ରୀ ବସବାସ କରୁଛନ୍ତି। ବର୍ଷାଦିନ ଆସିଗଲାଣି ପକ୍କା ରାସ୍ତା ଏବଂ ପରିମଳ ବ୍ୟବସ୍ଥା ନଥିବାରୁ ସାଧାରଣରେ ଲୋକ ଅସନ୍ତୋଷ ପ୍ରକାଶ କରୁଛନ୍ତି। ସାଇ ନଗର ୱାର୍ଡ ନଂ-୨୨ (ଶ୍ୟାମପୁର) ବାସିନ୍ଦାମାନେ ସରକାରଙ୍କ ନିକଟରେ ଅନୁରୋଧ କରିଛନ୍ତି କି ସରକାର ନିଜର ବୈମାତୃକ ମନୋଭାବ ପୋଷଣ ନକରି ଯଥାଶୀଘ୍ର ପକ୍କା ରାସ୍ତା, ଡ୍ରେନ ଏବଂ ପରିମଳ ବ୍ୟବସ୍ଥା କରିବାକୁ ନିର୍ଦ୍ଦେଶ ଦିଅନ୍ତୁ।

# କେନ୍ଦ୍ରାପଡା-ଯାଜପୁର ପ୍ରତିଭା ପୂଜା ସଂସଦ ପକ୍ଷରୁ ପ୍ରତିଭା ସମ୍ବର୍ଦ୍ଧନା ଉତ୍ସବ

## ଶିକ୍ଷାବିତ ଅଦ୍ୱୈତ ବଲ୍ଲଭ ଜେନାଙ୍କୁ "ବରୀ ଗୌରବ ସମ୍ମାନ" ପ୍ରଦାନ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା-ଯାଜପୁର ପ୍ରତିଭା ପୂଜା ସଂସଦ ପକ୍ଷରୁ ଓଡିଶା ପ୍ରତିଭା ସମ୍ବର୍ଦ୍ଧନା ଉତ୍ସବ ଇନ୍ଦୁପୁରସ୍ଥିତ ମା' ଚଣ୍ଡୀଦେବୀଙ୍କ ପୀଠରେ ସୋମବାର ଅପରାହ୍ନରେ ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ ସୁବାସ ଚନ୍ଦ୍ର ମଜୁମଦାରଙ୍କ ପୌରହିତ୍ୟରେ ଅନୁଷ୍ଠିତ ଉତ୍ସବରେ ପୂର୍ବତନ ମନ୍ତ୍ରୀ ଗଣେଶ୍ୱର ବେହେରା ଉଦଘାଟକ ଭ ।ବେ ଯୋଗଦେଇ ଅଦ୍ୱୈତ ସାର ଏକାଧାରରେ ଜଣେ ଆଦର୍ଶ ଶିକ୍ଷକ, ନିଷ୍ଠାପର ସମାଜସେବୀ ଓ ଜଣେ ଉତ୍ସର୍ଗୀକୃତ ମଣିଷ ଭାବରେ ସମାଜର ସେବା ପାଇଁ ନିଜକୁ ଉତ୍ସର୍ଗ କରିଥିବା ଜଣେ ବିରଳ ବ୍ୟକ୍ତିତ୍ୱ ବୋଲି ମତବ୍ୟକ୍ତ କରିଥିଲେ। ଏଥିରେ ମୁଖ୍ୟ ଅତିଥି ଭାବେ ଜିଲ୍ଲା ପରିଷଦ ସଭାପତି ଗିତାଞ୍ଜଳୀ ସେଠୀ, ମୁଖ୍ୟବକ୍ତା ଭାବରେ ପ୍ରାକ୍ତନ ତୁଳସୀ ମହିଳା କଲେଜ ଅଧ୍ୟକ୍ଷ ପ୍ରଫେସର ଅଜୟ ସାମଲ ଓ ସମ୍ମାନୀତ ଅତିଥି ଭାବେ ଇନ୍ଦୁପୁର ସରପଞ୍ଚ ପ୍ରଦୀପ୍ତ ରଞ୍ଜନ ସୁତାର, ସମିତିସଭ୍ୟା ସୁନନ୍ଦା ମଳିକ, ଗମୁ ସରପଞ୍ଚ ଜଗଦିଶ ଜେନା, ଶିକ୍ଷାବୀତ ନୀଳମାଧବ ପତି, ଶିକ୍ଷାବୀତ ହେମନ୍ତ ମହାପାତ୍ର, ସଚିଦାନନ୍ଦ ମହାପାତ୍ର, ପର୍ଶୁରାମ ସ୍ୱାଇଁ, ସମାଜସେବୀ ଶ୍ରୀବତ୍ସ ନାୟକ, ପରିବେଶବିତ କାଶିନାଥ ରାଉତରାୟ ପ୍ରମୁଖ ଯୋଗଦେଇ ଶ୍ରୀ ଜେନାଙ୍କ ଉତ୍ସର୍ଗୀକୃତ ଜୀବନୀ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ଏହି ଅବସରରେ ବରିଷ୍ଠ ଶିକ୍ଷାବିତ, ସମାଜ ସଂସ୍କାରକ ଅଦ୍ୱୈତ ବଲ୍ଲଭ ଜେନାଙ୍କୁ ସଂସଦ ପକ୍ଷରୁ ଅତିଥିମାନେ ମାନପତ୍ର, ପୁଷ୍ପମାଲ୍ୟ, ପଗଡି ଓ ଉ□ରୀୟ ପ୍ରଦାନ ପୂର୍ବକ "ବରୀ ଗୌରବ ସମ୍ମାନ"ରେ ସମ୍ମାନୀତ କରିଥିଲେ। ଏଥିସହିତ ବାରୁଣି ତୀର୍ଥ ଉନ୍ନୟନ କମିଟି ପକ୍ଷରୁ ମଧ୍ୟ ପ୍ରତିଷ୍ଠାତା ଅଧ୍ୟକ୍ଷ ପ୍ରକାଶ କୁମାର ଜେନା ସମ୍ବର୍ଦ୍ଧିତ ପ୍ରତିଭା ଶ୍ରୀ ଜେନାଙ୍କୁ "ବାରୁଣି ତୀର୍ଥ ସେବା ସମ୍ମାନ" ପ୍ରଦାନ କରିଥିଲେ। ଶିକ୍ଷାବିତ ପ୍ରଣବ କୁମାର ଜେନା ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ଶିକ୍ଷାବିତ ମୁରଲୀଧର ବିଶ୍ୱାଳ ସମ୍ପାଦକୀୟ ବିବରଣୀ ପାଠ ଓ ପାୟଲ ମ୍ୟୁଜିକ ସ୍କୁଲର ପ୍ରତିଷ୍ଠାତା ସମ୍ପାଦକ ଦେବାଶିଷ ସାମଲ ଧନ୍ୟବାଦ ଅର୍ପଣ କରିଥିଲେ। ଉତ୍ସବ ପରିଚାଳନାରେ ଦେବେନ୍ଦ୍ର କୁମାର ରାଉତ, ପ୍ରକାଶ ଜେନା, ଜ୍ଞାନେନ୍ଦ୍ର ବାରିକ, ରାମନାରାୟଣ ସିଂହ, ଚନ୍ଦନ ସାହୁ, ବିଜୟ କେତନ ଜେନା, ଗୌରାଙ୍ଗ ଚରଣ ସାହୁ, ବିଜୟ କୁମାର ସାହାଣୀ, ବେଣୁଧର ନାୟକ, ପୂର୍ବତନ ସରପଞ୍ଚ ବିଜନ ମଲିକ, ପୂର୍ବତନ ଧୂମାତ ସରପଞ୍ଚ ନରହରି ପାଣି, ଚିରରଞ୍ଜନ ରାଉତ ପ୍ରମୁଖ ସହଯୋଗ କରିଥିଲେ। ସମ୍ବର୍ଦ୍ଧିତ ପ୍ରତିଭା ଶ୍ରୀ ଜେନାଙ୍କ ଆଶୁ ଆରୋଗ୍ୟ କାମନା କରାଯାଇ ଶତାଧିକ ଶୁଭ ଚିନ୍ତକ ମା' ଚଣ୍ଡୀଦେବୀଙ୍କ ନିକଟରେ ସମୂହ ଦୀପଦାନ କରିବା ପରେ ମା' ବାସୁଳାଇ ସଂକୀ□ନ ଦଳ ମା'ଙ୍କ ପୀଠରେ କୀ□ନ କରିଥିଲେ।

# ଏଜିଏଫ୍ ଆନୁକୂଲ୍ୟରେ ବିଶ୍ୱ ପରିବେଶ ଦିବସ ପାଳିତ

କେନ୍ଦୁଝର (ପିଏନ୍): ଆରିୟା ଗ୍ରୁପ ଫାଉଣ୍ଡେସନ ପକ୍ଷରୁ ବିଶ୍ୱ ପରିବେଶ ଦିବସ ମାଟକାମବେଡା ସ୍ଥିତ ଚମ୍ପୁଆ ବସ୍ତି ସରକାରୀ ପ୍ରାଥମିକ ବିଦ୍ୟାଳୟଠାରେ ପାଳିତ ହୋଇଯାଇଛି। ଏହି ଉପଲକ୍ଷେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଆରିୟା ଆଇରନ ଏଣ୍ଡ ଷ୍ଟିଲ କମ୍ପାନୀର ଅପରେସନ ହେଡ ଡକ୍ଟର ଚୈତନ୍ୟ ଚରଣ ଗିରି, ସମ୍ମାନୀତ ଅତିଥିଭାବେ ଚିଫ୍ ଟେକନିକାଲ ଅଫିସର ପି. ସୁରଜ ପ୍ରସାଦ, କାଉନସିଲର ସୁବ୍ରତ ପାତ୍ର ଯୋଗଦେଇ ପରିବେଶର ସୁରକ୍ଷା ସମସ୍ତଙ୍କର କ□ବ୍ୟ ବୋଲି କହିଥିଲେ। ଏଥିପାଇଁ ସମସ୍ତେ ଗଛ ଲଗାଇବାକୁ ଆହ୍ୱାନ ଦେଇଥିଲେ। ଏହି ଉପଲକ୍ଷେ ଅନୁଷ୍ଠିତ ଚିତ୍ରାଙ୍କନ ପ୍ରତିଯୋଗିତାରେ କୃତି ପ୍ରତିଯୋଗୀ ମାନଙ୍କୁ ପୁରସ୍କାର ଦିଆଯାଇଥିଲା। ଏହାପରେ ସ୍କୁଲ ପରିସରରେ ବନୀକରଣ କରାଯିବା ପରେ ବାଡି ବଗିଚାରେ ବୃକ୍ଷରୋପଣ ପାଇଁ ଛାତ୍ରଛାତ୍ରୀଙ୍କୁ ଗୋଟିଏ ଗୋଟିଏ ଗଛ ବଣ୍ଟନ କରାଯାଇଥିଲା। ଆରିୟା ଗ୍ରୁପ ଫାଉଣ୍ଡେସନ ପକ୍ଷରୁ ସିଏସଆର ବିଭାଗର ଡେପୁଟି ମ୍ୟାନେଜର ଦୀପକ କୁମାର ସାହୁଙ୍କ ସଂଯୋଜନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବିଭିନ୍ନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବା ସହ ସ୍କୁଲ ବ୍ୟାଗ ବଣ୍ଟନ ହୋଇଥିଲା। କାର୍ଯ୍ୟକ୍ରମକୁ କମ୍ପାନୀର ଡେପୁଟି ମ୍ୟାନେଜର ବିଭୂତି ଭୂଷଣ ମହାନ୍ତି, ବଂଶିଧର ରାଉତ, ଅନୀଲ ମିଶ୍ର, ପୁଷ୍ପା ଆପଟ୍ଟ, ପ୍ରଫୁଲ୍ଲ ମହାନ୍ତ, ଶିବ ମୁଣ୍ଡାଙ୍କ ସମେତ ବିଦ୍ୟାଳୟର ଶିକ୍ଷକ/ଶିକ୍ଷୟିତ୍ରୀ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

# ରାଜସ୍ୱ କ୍ଷେତ୍ର ଅଧିକାରୀ ସଂଘ କେନ୍ଦୁଝର ଶାଖାର ବାର୍ଷିକ ସମ୍ମିଳନୀ




କେନ୍ଦୁଝର (ପିଏନ୍): ରାଜସ୍ୱ କ୍ଷେତ୍ର ଅଧିକାରୀ ସଂଘ, କେନ୍ଦୁଝର ଶାଖାର ବାର୍ଷିକ ସମ୍ମିଳନୀ କେନ୍ଦୁଝର ଜିଲ୍ଲା କ୍ରୀଡାସଂସ୍ଥାର ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ସଂଘର ସଭାପତି ଭୁବନାନନ୍ଦ ନାଏକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସମ୍ମିଳନୀରେ ରାଜସ୍ୱ କ୍ଷେତ୍ର ଅଧିକାରୀମାନଙ୍କର ବିଭିନ୍ନ ସୁବିଧା ଅସୁବିଧା ସଂପର୍କରେ ଆଲୋଚନା କରାଯାଇଥିଲା। ଏହି ସଭାରେ ରାଜସ୍ୱ ନିରୀକ୍ଷକ ତଥା ସହ-ରାଜସ୍ୱ ନିରୀକ୍ଷକଙ୍କର ବିଭିନ୍ନ ଦାବିକୁ ଉପସ୍ଥାପନ କରାଯାଇ ସରକାରଙ୍କ ଉଦ୍ଦେଶ୍ୟରେ ପ୍ରେରଣ କରାଯିବାକୁ ସଭାରେ ନିଷ୍ପ□ ନିଆଯାଇଥିଲା। ସଭାରେ ସହ-ରାଜସ୍ୱ ନିରୀକ୍ଷକମାନଙ୍କର ପଦୋନ୍ନତିରେ ଥିବା ଅସଂଗତିକୁ କିପରି ଦୂର କରାଯାଇପାରିବ ସେ ସମ୍ପର୍କରେ ଆଲୋଚନା କରାଯାଇଥିଲା। ଉକ୍ତ ସମ୍ମିଳନୀରେ ଗୋବିନ୍ଦ ବିନ୍ଧାଣୀ, ମୀନକେତନ ଦାସ, ନରେଶ କୁମାର ମହାନ୍ତି, ଶରତ କୁମାର ବେହେରା ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ଜିଲ୍ଲା ସଂଘର ଉପଦେଷ୍ଟା ତରଣୀ ପାତ୍ର, ଶୁଭେନ୍ଦୁ ପାତ୍ର, ରତିରମଣ ମହାନ୍ତ, ସଂପଦ ପ୍ରଧାନ, ଅରବିନ୍ଦ ସାହୁ, ପୁରୁଷୋ□ମ କୁଅଁର, ସୁଶାନ୍ତ ସେଠୀ, ନକୁଳ ସେଠୀ, ମିନତୀ ନାଏକ, ସରଣ କୁମାର ଦାସଙ୍କ ସମେତ ଜିଲ୍ଲାର ସମସ୍ତ ରାଜସ୍ୱ ନିରୀକ୍ଷକ ଓ ସହ-ରାଜସ୍ୱ ନିରୀକ୍ଷକ ଯୋଗ ଦେଇଥିଲେ।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS/ASTROLOGERS/VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ରାମସାର ତାଲିକାରେ ସାମିଲ ହେବ ଓଡ଼ିଶା ସମେତ ୪ ରାଜ୍ୟର ୫ଟି କୋଇଲା ଖଣି ପିଟ୍ ଲେକ୍

ଭୁବନେଶ୍ୱର, (ପି.ଏନ): ଭାରତୀୟ କୋଇଲା କ୍ଷେତ୍ର ଅଧିକରୁ ଅଧିକ କୋଇଲା ଉତ୍ପାଦନ ମାଧ୍ୟମରେ ଦ୍ରୁତ ବର୍ଦ୍ଧିତ ଶକ୍ତି ଚାହିଦା ପୂରଣ କରିବା ନିମନ୍ତେ ନିରନ୍ତର ପ୍ରୟାସ କରି ଆସୁଛି । ଅନୁରୂପ ଭାବେ, ଦେଶର କୋଇଲା କ୍ଷେତ୍ର ପରିବେଶ ସୁରକ୍ଷା ଉପରେ ଜୋର ଦେବା ସହିତ ଜଙ୍ଗଲ ଓ ଜୈବ ବିବିଧତାର ସୁରକ୍ଷା ପାଇଁ ସଂଖ୍ୟାଧିକ ପଦକ୍ଷେପ ଗ୍ରହଣ କରୁଛି । ଦୀର୍ଘସ୍ଥାୟୀ ବିକାଶ ମାର୍ଗକୁ ଗ୍ରହଣ କରିବାର ଲକ୍ଷ୍ୟ ନେଇ ଏଭଳି ପଦକ୍ଷେପ ନିଆଯାଉଛି । ବିଭିନ୍ନ ଦୀର୍ଘସ୍ଥାୟୀ କାର୍ଯ୍ୟକ୍ରମ ଅଧୀନରେ, କୋଲ୍ ଇଣ୍ଡିଆ ଲିମିଟେଡ (ସିଆଇଏଲ) ପକ୍ଷରୁ ସମ୍ପୃକ୍ତ ରାଜ୍ୟ ସରକାର ଏବଂ ଭାରତ ସରକାରଙ୍କ ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ (ଏମଓଇଏଫସିସି)ର ସହାୟତାରେ କେତେକ ପଦକ୍ଷେପ ଗ୍ରହଣ କରିବାକୁ ଯାଉଛି । ଏସବୁ ପଦକ୍ଷେପ ମଧ୍ୟରେ ରହିଛି କୋଇଲା ଖଣି ଗର୍ତ୍ତ ହ୍ରଦ ବା ପିଟ୍ ଲେକ୍ ର ସଂରକ୍ଷଣ, ଆର୍ଦ୍ର ଭୂମିର ପ୍ରାକୃତିକ ସ୍ୱରୂପକୁ ବଜାୟ ରଖିବା ଏବଂ ପିଟ୍ ଲେକ୍‌ଗୁଡ଼ିକୁ ସମ୍ମାନଜନକ ରାମସାର ତାଲିକାରେ ସାମିଲ କରିବା । ରାମସାର ତାଲିକାରେ ସ୍ଥାନିତ କରିବା ପାଇଁ ଆର୍ଦ୍ର ଭୂମିଗୁଡ଼ିକୁ ଚିହ୍ନଟ କରିବା ଲାଗି ପରିବେଶ ମନ୍ତ୍ରଣାଳୟ ନୋଡାଲ ମନ୍ତ୍ରଣାଳୟ ଭାବରେ କାମ କରୁଛି । କୋଇଲା ଖଣିର ପିଟ୍ ଲେକ୍‌କୁ ଏହି ରାମସାର ତାଲିକାରେ ସାମିଲ କରିବା ନିମନ୍ତେ କୋଇଲା ମନ୍ତ୍ରଣାଳୟ ପକ୍ଷରୁ ପରିବେଶ ମନ୍ତ୍ରଣାଳୟ ସହିତ ଆଲୋଚନା କରାଯାଇଛି । ପରିବେଶ ମନ୍ତ୍ରଣାଳୟର ମାର୍ଗଦର୍ଶିକା ଅନୁଯାୟୀ, ଓଡ଼ିଶା, ପଶ୍ଚିମବଙ୍ଗ, ଝାଡ଼ଖଣ୍ଡ ଏବଂ ମଧ୍ୟପ୍ରଦେଶର ପାଞ୍ଚଟି କୋଇଲା ଖଣି ପିଟ୍ ଲେକ୍ କୁ ରାମସାର ତାଲିକାରେ ସାମିଲ କରିବା ନିମନ୍ତେ କୋଲ୍ ଇଣ୍ଡିଆ ଲିମିଟେଡ ଚିହ୍ନଟ କରିଛି । କୋଲ୍ ଇଣ୍ଡିଆ ରାମସାର ସୂଚନା ପତ୍ର (ଆରଇଏସ) ପ୍ରସ୍ତୁତି ପ୍ରକ୍ରିୟା ଜାରି ରହିଛି । ଖଣି ଖନନ ଯୋଗୁ ସୃଷ୍ଟି ହୋଇଥିବା ଗର୍ତ୍ତ ଏବେ ଜଳ ଭର୍ତ୍ତି ହୋଇଥିବା ବେଳେ ଏହାକୁ ଭିନ୍ନ ଭିନ୍ନ ପ୍ରଜାତିର ପକ୍ଷୀମାନେ ନିୟମିତ ଆସୁଛନ୍ତି ଏବଂ ଏହି ସ୍ଥାନ କେତେକ ପକ୍ଷୀମାନଙ୍କର ବାସସ୍ଥଳୀ ପାଲଟିଛି । କୋଲ ଇଣ୍ଡିଆ ଦ୍ୱାରା ବ୍ୟାପକ ବନୀକରଣ ଏବଂ ଅନ୍ୟ ମୃର୍ତ୍ତିକା ଆର୍ଦ୍ରତା ସଂରକ୍ଷଣ ପଦକ୍ଷେପ କାରଣରୁ ଏସବୁ ଜଳାଶୟ ଚାରି ପାଖରେ ଥିବା ପରିବେଶ ଏବେ ଉନ୍ନତ ହୋଇପାରିଛି ।

# ବୋନସ ଦାବି ନେଇ ଠିକା ଶ୍ରମିକମାନେ ବିଚାକୁଣ୍ଡି ଟାଟା ଷ୍ଟିଲ କାର୍ଯ୍ୟାଳୟ ଘେରାଉ

ଯୋଡା,(ପିଏନ)- ବର୍ଦ୍ଧିତ ହାରରେ ବୋନସ ଦାବି କରି ଯୋଡା ଖଣି ମଣ୍ଡଳ ଅନ୍ତର୍ଗତ ଟାଟା ଷ୍ଟିଲ୍ ଫେରୋ ଆଲଏଜ ମାଙ୍ଗାନିଜ ଡିଭିଜନ ପରିଚାଳନାଧିନ ବିଚାକୁଣ୍ଡି ଓ ଖଣ୍ଡବନ୍ଧ ମାଙ୍ଗାନିଜ ଖଣିରେ ଅନୁବନ୍ଧିତ କରୋନେସନ ଇଣ୍ଡିଆ ପ୍ରାଇଭେଟ୍ ଲିଃ (ସିଆଇପିଏଲ) ନାମକ ଜୈନିକ ଖଣି ଠିକା ସଂସ୍ଥାରେ କାମ କରୁଥିବା ଶତାଧିକ ଠିକା ଶ୍ରମିକ ଗତକାଲି ଠାରୁ ବିଚାକୁଣ୍ଡି ମାଙ୍ଗାନିଜ ଖଣିର ଟାଟା ଷ୍ଟିଲ କାର୍ଯ୍ୟାଳୟକୁ ଘେରାଉ କରିଥିବାର ଖବର ମିଳିଛି । ଶାନ୍ତି ଶୃଙ୍ଖଳା ନିମନ୍ତେ ଯୋଡା ପୁଲିସ ଘଟଣା ସ୍ଥଳରେ ନିୟୋଜିତ ରହିଥିବାର ସୂଚନାରୁ ପ୍ରକାଶ । ଅନ୍ୟପକ୍ଷେ ସମାନ କାରଣରୁ ସିଆଇପିଏଲ ଅଧିନରେ ଖଣ୍ଡବନ୍ଧ ମାଙ୍ଗାନିଜ ଖଣିରେ କାର୍ଯ୍ୟରତ ଶତାଧିକ ଠିକା ଶ୍ରମିକ ଗତ ୮ ଦିନ ହେଲା କାର୍ଯ୍ୟବନ୍ଦ ଆନ୍ଦୋଳନରେ ସାମିଲ ଥିବାର ଖବର ମିଳିଛି । ନିୟମ ମୁତାବକ ସିଆଇପିଏଲ ଉଭୟ ଖଣି ନିମନ୍ତେ ୮.୩୩



ଶତକଡା ବୋନସ ଘୋଷଣା ପରେ ଠିକା ଶ୍ରମିକଙ୍କ ପକ୍ଷରୁ ଅଧିକ ବୋନସ ଦାବିରେ ଏଭଳି ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇଥିବାର ଖବର ମିଳିଛି । ତେବେ ୨୦୧୯ ରେ ବିଚାକୁଣ୍ଡି ଖଣି ଠିକା ଶ୍ରମିକ ୧୨ ଶତକଡାରୁ ଉର୍ଦ୍ଧ୍ୱ ରାଶି ପୂଜା ବୋନସ ଆକାରରେ ପାଇଥିବା ବେଳେ ୨୦୨୦ ଚଳିତ ବର୍ଷ ମହାମାରୀ କରୋନାକୁ ନେଇ ଆର୍ଥିକ ସ୍ଥିତି ଉଜାଡି ଯାଇଥିବା ହେତୁ କମ୍ପାନୀ କ୍ଷତି ସହୁଥିବାରୁ ବନୋସ ହାର ୮.୩୩ ଶତକଡା ଘୋଷଣା କରିଥିଲେ । ଏହାର ବିରୋଧ କରି ଶ୍ରମିକ ମାନେ ଟାଟା ଷ୍ଟିଲ ଅଫିସ ଘେରାଉ କରିବା ପରେ ଉକ୍ତ ଠିକାଦାର ୧୦.୫ ଶତକଡା ବଢାଇଥିଲେ ମଧ ଖଣ୍ଡବନ୍ଧ ଖଣି ଠିକା ଶ୍ରମିକ ୧୫ ଶତକଡା ପୂଜା ବୋନସ ପାଇଁ ଜିଦର ଅଟଳ ରହିଥିଲେ । ଏଠାରେ ଉଲ୍ଲେଖ ଯୋଗ୍ୟ, ୨୦୧୮ ଅଗଷ୍ଟ ମାସରୁ ସିଆଇପିଏଲ ସଂସ୍ଥା ସମ୍ପୃକ୍ତ ଖଣି ଦ୍ୱୟରେ ମାଙ୍ଗାନିଜ ଖନନ, ଉତ୍ତୋଳନ, ପରିବହନ ଓ ପ୍ରକ୍ରିୟାକରଣ ନିମନ୍ତେ ନିୟୋଜିତ ହୋଇ ସେପ୍ଟେମ୍ବର ମାସରୁ କାର୍ଯ୍ୟ ଆରମ୍ଭ କରିଥିଲେ । ଅପରପକ୍ଷେ ପ୍ରିନ୍ସିପାଲ ଏମ୍ପ୍ଲୟର ଟାଟା ଫେରୋ ଆଲଏଜ ମାଙ୍ଗାନିଜ ଡିଭିଜନ ସହ ଚୁକ୍ତିନାମା ମୁତାବକ ଓ ନିୟମ ଅନୁଯାୟୀ ବିଗତ ଆର୍ଥିକ ବର୍ଷର ସେପ୍ଟେମ୍ବର ରୁ ମାର୍ଚ୍ଚ ସାତ ମାସ ନିମନ୍ତେ ୧୦.୫ ଶତକଡା ବୋନସ ଧାର୍ଯ୍ୟ ଘଟଣାକୁ ନ୍ୟାଯ୍ୟ ବୋଲି କହିବା ସହ କମ୍ପାନୀର ଅନ୍ୟ ଭେଣ୍ଡର ସମୂହ ସମାନ ବୋନସ ବ୍ୟବସ୍ଥା କାର୍ଯ୍ୟକାରୀ କରିଥିବାର ସିଆଇପିଏଲ ପକ୍ଷରୁ ଏହାର ମହାପ୍ରବନ୍ଧକ ଅନୁଭବ ଦତ୍ତ ନିଜ ଜିଦରେ ଅଟଳ ଥିବାର ଖବର ମିଳିଛି । ତେବେ ଖବର ଲେଖା ହେବା ପର୍ଯ୍ୟନ୍ତ ସମ୍ପୃକ୍ତ ଖଣି ଠିକା ସଂସ୍ଥା ଓ ଠିକା ଶ୍ରମିକଙ୍କ ମଧ୍ୟରେ କୌଣସି ପ୍ରକାର ସହମତି ପ୍ରକାଶ ପାଇନଥିବାରୁ ଘଟଣା ସ୍ଥଳରେ ଚପା ଉତ୍ତେଜନା ଲାଗି ରହିଥିବା ସହ ଦାବି ପୂରଣ ନ ହେଲେ ଗତକାଲି ଠାରୁ ଖଡବନ୍ଧ ଖଣିକୁ ଶ୍ରମିକମାନେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ବନ୍ଦ ରହିବ ବୋଲି ଚେତାବୀ ଦେଇଥିବା ଖବର ମିଳିଛି ।

## ରଥଯାତ୍ରା ଉପଲକ୍ଷେ ଡାକ ବିଭାଗ ପକ୍ଷରୁ ସ୍ୱତନ୍ତ୍ର ରଦ୍ଦକରଣ

କେନ୍ଦ୍ରାପଡ଼ା,(ପି.ଏନ): ପବିତ୍ର ଶ୍ରୀଗୁଣ୍ଡିଚା ରଥଯାତ୍ରା ଅବସରରେ କେନ୍ଦ୍ରାପଡା ଡାକମଣ୍ଡଳ ପକ୍ଷରୁ ଏକ ସ୍ୱତନ୍ତ୍ର ରଦ୍ଦକରଣ ମୋହର ଉନ୍ମୋଚନ କରାଯିବ। ଏହି ଉପଲକ୍ଷେ କେନ୍ଦ୍ରାପଡା ପ୍ରଧାନ ଡାକଘର ତା୧.୦୭. ୨୦୨୨ ରିଖ ପୂର୍ବାହ୍ନ ୧୦ଘଟିକା ଠାରୁ ଅପରାହ୍ନ ୧ଘଟିକା ପର୍ଯ୍ୟନ୍ତ ରେଜିଷ୍ଟ୍ରୀ ପୋଷ୍ଟ ଓ ସ୍ପିଡ ପୋଷ୍ଟ ଡାକ ବୁକିଙ୍ଗ ପାଇଁ ଖୋଲାରହିବ। ଏହି ସମୟ ମଧ୍ୟରେ "ସ୍ୱତନ୍ତ୍ର ରଦ୍ଦକରଣ ମୋହର" ଏହି ପ୍ରଧାନ ଡାକଘରେ ଉପଲବ୍ଧ ହେବ ବୋଲି କେନ୍ଦ୍ରାପଡା ଡାକମଣ୍ଡଳର ଡାକ ଅଧିକ୍ଷକ ଲକ୍ଷ୍ମୀନାରାୟଣ ମିଶ୍ର ଏକ ପ୍ରେସ ଇସ୍ତାହାରରେ ଜଣାଇଛନ୍ତି।

## ମାଟି ଏବଂ ପଲିଥିନ୍ ଘରେ ବିତୁଛି ଜୀବନ

ଘଟଗାଁ(ପିଏନ)-ଉଭୟ କେନ୍ଦ୍ର ଏବଂ ରାଜ୍ୟ ପ୍ରତ୍ୟେକ ଦିନ ଅନେକ ଗରିବ ବାସହରା ହିତାଧିକାରୀଙ୍କୁ ରାଜ୍ୟ ସରକାରଙ୍କ ବିଜୁ ପକ୍କା ଘର କିମ୍ବା କେନ୍ଦ୍ର ସରକାରଙ୍କ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଅନ୍ତର୍ଭୁକ୍ତ କରାଇ ଘର ଯୋଗାଉଥିବା ଦେଖିବାକୁ ମିଳୁଥିବା ବେଳେ ଅନେକ ଲୋକ ଆଜିବି ଝାଟି ମାଟି ଏବଂ ପାଲ ପଲିଥିନ୍ ଘରେ ଜୀବନ ବିତାଉଥିବା ଦେଖିବାକୁ ମିଳୁଛି । ଏଭଳି ଏକ ଅବିକଳ ଚିତ୍ର ଦେଖିବାକୁ ମିଳିଛି କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ୍ ଅନ୍ତର୍ଗତ ସୁନାରୀପଶୀ ଗାଁରେ । ଗାଁର ଚରଣ ମୁଣ୍ଡା ଆଜକୁ ତିନି ବର୍ଷ ହେବ ଏକ ଝାଟି, ପିଲିଥିନ୍‌କୁ ଘରର କାନ୍ଥ କରି ରହୁଥିବା ଦେଖିବାକୁ ମିଳୁଛି । ଚରଣ ଦିନ ମଜୁରୀଆ ହୋଇଥିବାରୁ ଘର ଖଣ୍ଡିଏ ବନାଇବାକୁ ସକ୍ଷମ ନାହିଁ ତାର । କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ୍ ଅନ୍ତର୍ଗତ ସୁନାରିପଶୀ ଗାଁର ରାଜାବନ୍ଧ ସାହିର ଚରଣ ମୁଣ୍ଡା । ବୟସ ପାଖାପାଖି ୪୦ ହେବ । ପରିବାରରେ ସ୍ତ୍ରୀ ସହିତ ତିନୋଟି ପୁଅ । ଚରଣ ଜଣେ ଦିନ ମଜୁରୀଆ ଖଟିଖିଆ ଲୋକ । ପ୍ରତ୍ୟେକ ଦିନ ଯାହା ମୁଲମଜୁରି କରି ଆଣିଥାଏ, ସେସବୁ ପରିବାରର ଖାଇବାକୁ ମଧ ଅଂଟେନାହିଁ । ପୂର୍ବରୁ ସେ ବରାହଟିପୁରା ଗାଁରେ ରହୁଥିଲେ, ବାପା ଚାଲି ଗଲା ପରେ ବାସ ହରା ହୋଇ ଆଜକୁ ତିନି ବର୍ଷ ହେବ ସୁନାରିପଶି ଗାଁର ରଜାବନ୍ଧ ସାହିରେ ରହୁଛନ୍ତି । ଚରଣ ସ୍ତ୍ରୀ ସହିତ ତିନି ପୁଅଙ୍କୁ ନେଇ ନାହିଁ ନଥିବା ଅଭାବ ଅନଟନରେ ଜୀବନ ବିତାଉଛନ୍ତି । ଠିକ୍‌ସେ ନିଜ ପରିବାରର ଗୁଜରାଣ ମେଂଟାଇପାରୁ ନଥିବା ଚରଣ ଘର ଖଣ୍ଡିଏ ବନାଇବା ପାଇଁ ତା ପାଖରେ ସମ୍ବଳ ନାହିଁ । ଯାହାଫଳରେ ଆଜକୁ ତିନି ବର୍ଷରୁ ଉର୍ଦ୍ଧ୍ୱ ହେବ ଝାଟି, ପଲିଥିନକୁ କାନ୍ଥ କରି ଗୋଟିଏ ଝାଟି ଘରେ ରହୁଛନ୍ତି । ଘର ଖଣ୍ଡିଏ ପାଇଁ ବାରମ୍ବାର ବ୍ଲକ୍ ପ୍ରଶାସନର ଦ୍ୱାରସ୍ଥ ହୋଇଥିଲେ ମଧ ଆଜି ପର୍ଯ୍ୟନ୍ତ ତାଙ୍କ ପାଇଁ ସରକାଙ୍ଗ ପ୍ରଧାନ ମନ୍ତ୍ରୀ ଏବଂ ବିଜୁ ବିଜୁ ପକ୍କା ଘର ଯୋଜନା ସାତସପନ । ତେବେ ବାସ ହରା ଲୋକମାନଙ୍କ ପାଇଁ ସରକାର ମାଳ ମାଳ ଯୋଜନା କରୁଥିଲେ ମଧ୍ୟ ଆଜିବି ଅନେକ ଲୋକ ଏଭଳି ଅବସ୍ଥାରେ ଝାଟି, ପଲିଥିନ୍‌କୁ କାନ୍ଥ କରି ରହୁଛନ୍ତି । ଚରଣ ମଧ ଆଜକୁ ତିନି ବର୍ଷ ହେବ ଏହି ଝାଟିମାଟିରେ ତିଆରି କାନ୍ଥ ପାଂଚ ଜଣ ପରିବାରକୁ ନେଇ ଏଭଳି ଦୁର୍ଦ୍ଦିନରେ ରହୁଛି । ତେବେ ଆମ ପ୍ରତିନିଧି ଚରଣଙ୍କ କରୁଣ କାହାଣୀ ଘଟଗାଁ ବିଡିଓଙ୍କ ପାଖରେ ଅବଗତ କରାଇବାରୁ ସେ ଖୁବଶିଘ୍ର ସରକାରଙ୍କ ଆବାସ କିମ୍ବା ପକ୍କା ଘର ଯୋଜନାରେ ଅନ୍ତର୍ଭୁକ୍ତ କରାଇ ଘର ଖଣ୍ଡିଏ ଦେବାର ବ୍ୟବସ୍ଥା କରିବେ ବୋଲି ପ୍ରତିସୃତି ଦେଇଛନ୍ତିମ ।

## ସେବା ସମବାୟ ସମିତିର ସଭାପତି ପଦବୀ ପାଇଁ ପ୍ରାର୍ଥୀପତ୍ର ଦାଖଲକୁ ନେଇ ଗଣ୍ଡଗୋଳ

ଖୋର୍ଦ୍ଧା,(ପିଏନ): ବେଗୁନିଆ ବ୍ଲକ ଅନ୍ତର୍ଗତ ଦେଉଳୀ ସେବା ସମବାୟ ସମିତିର ସଭାପତି ପଦବୀ ପାଇଁ ପ୍ରାର୍ଥୀ ପତ୍ର ଦାଖଲ ବେଳେ ଉଭୟ ଗୋଷ୍ଠୀ ମଧ୍ୟରେ ଗଣ୍ଡଗୋଳ ଘଟି ବେଗୁନିଆ ଥାନାରେ ଏକ ଲିଖିତ ଅଭିଯୋଗ ହୋଇଛି । ସୂଚନା ମୁତାବକ ବେଗୁନିଆ ଥାନା ଅନ୍ତର୍ଗତ କୋଚିଆଖାଲ ଗ୍ରାମର ସୁଶାନ୍ତ କୁମାର ପାଇକରାୟଙ୍କ ସହିତ ସାରଙ୍ଗଧର ଗୁମାନସିଂହ ଓ ଚନ୍ଦ୍ର ଶେଖର ସାମନ୍ତସିଂହାର ଗୁରୁବାର ଦିନ ପୂର୍ବାହ୍ନରେ ଦେଉଳୀ ସେବା ସମବାୟ ସମିତିର ସଭାପତି ପଦବୀ ପାଇଁ ପ୍ରାର୍ଥୀପତ୍ର ଦାଖଲ କରିବା ପାଇଁ ଯାଇଥିଲେ । ଏହି ସମୟରେ ଦେଉଳୀ ଗ୍ରାମର ରବୀନ୍ଦ୍ର ମାଣିଆ, ବାବନ ପରିଡା, ତ୍ରିନାଥ ସାମନ୍ତରାୟ, ଶସିଆ ମାଣିଆ ଓ ଅକ୍ରୁର ମାଣିଆଙ୍କ ସମେତ ୫ ଜଣଯାକ ଗାଳିଗୁଲଜ କରିବା ସହ ସୁନା ଚେନ, ମୋବାଇଲ ଫୋନ ସହ ନଗଦ ୨୫ ଶହ ଟଙ୍କା ଛଡାଇ ନେଇ ଠେଙ୍ଗାରେ ମୁଣ୍ଡକୁ ଆଘାତ କରିଥିଲେ । ଏ ନେଇ ବେଗୁନିଆ ଥାନାରେ ପ୍ରଶାନ୍ତ କୁମାର ପାଇକରାୟ ଲିଖିତ ଅଭିଯୋଗ ହୋଇଥିବା ବେଳେ ଖବର ଲେଖା ବେଳକୁ ଅନ୍ୟପକ୍ଷର ଅଭିଯୋଗ ହୋଇ ନ ଥିବାର ଜଣାପଡିଛି ।

## କୃଷକ ବିକାଶ ସମବାୟ ସମିତି ନିର୍ବାଚନ: ପାର୍ବତୀ ନାୟକ ଉପସଭାନେତ୍ରୀ ନିର୍ବାଚିତ

କେନ୍ଦ୍ରାପଡ଼ା,(ପି.ଏନ): କୃଷକ ବିକାଶ ସମବାୟ ସମିତିର ମୁଖ୍ୟ କାର୍ଯ୍ୟାଳୟରେ ଉପସଭାପତି ପଦ ପାଇଁ ଅନୁଷ୍ଠିତ ନିର୍ବାଚନରେ ସମାଜସେବୀ ତଥା ନିର୍ଦ୍ଦେଶିକା ପାର୍ବତୀ ନାୟକ ନିର୍ଦ୍ୱନ୍ଦରେ ନିର୍ବାଚିତ ହୋଇଥିବା ନିର୍ବାଚନ ଅଧିକାରୀ ବିକାଶ ତରାଇ ଘୋଷଣା କରିଛନ୍ତି। ସମିତିର ସଭାପତି ପ୍ରମୋଦ ସାହୁ ତାଙ୍କର ପ୍ରସ୍ତାବକ ରହିଥିବା ବେଳେ ନିର୍ଦ୍ଦେଶକ ମହେଶ୍ୱର ଜେନା ସମର୍ଥକ ଥିଲେ। ସମିତିର ଉପସଭାନେତ୍ରୀ ଭାବେ ଶ୍ରୀମତୀ ନାୟକ ନିର୍ବାଚିତ ହୋଇଥିବାରୁ ସଭାପତି ଶ୍ରୀ ସାହୁଙ୍କ ସହ ନିର୍ଦ୍ଦେଶକ ପ୍ରତାପ ସାମଲ, ଅଭୟ ସାମଲ, ରବୀନ୍ଦ୍ର ଧଳଙ୍କ ସମେତ ସମସ୍ତ ନିର୍ଦ୍ଦେଶକ ଏବଂ ଯୁବନେତା ମହେନ୍ଦ୍ର ମିଶ୍ର ଓ ସମାଜସେବୀ ସୁରେନ୍ଦ୍ର ପଣ୍ଡା ପ୍ରମୁଖ ତାଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଥିଲେ। ଏହି ଅବସରରେ ସମିତିର ସମସ୍ତ ନିର୍ଦ୍ଦେଶକଙ୍କୁ ପୁଷ୍ପଗୁଚ୍ଛ ଓ ପୁଷ୍ପମାଲ୍ୟ ଅର୍ପଣ କରାଯାଇ ସମ୍ବର୍ଦ୍ଧିତ କରାଯାଇଥିଲା।

## କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କ ଦୁଇଦିନିଆ ଓଡ଼ିଶା ଗସ୍ତ ଅନୁଗୋଳ ଓ ଖୋର୍ଦ୍ଧାରେ ବିଭିନ୍ନ ପ୍ରକଳ୍ପର ଭୂମିପୂଜନ

ଭୁବନେଶ୍ୱର, (ପି.ଏନ): କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଏବଂ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆସନ୍ତାକାଲି (ଗୁରୁବାର)ଦୁଇ ଦିନିଆ ଓଡ଼ିଶା ଗସ୍ତରେ ଆସୁଛନ୍ତି । ଏହି ଗସ୍ତ କାଳରେ ଶ୍ରୀ ପ୍ରଧାନ ଅନୁଗୋଳ ଏବଂ ଖୋର୍ଦ୍ଧା ଜିଲ୍ଲା ଗସ୍ତ କରି ବିଭିନ୍ନ ଲୋକାଭିମୁଖୀ କାର୍ଯ୍ୟକ୍ରମରେ ଯୋଗଦେବା ସହ ଶିକ୍ଷା ଓ ରେଳ ସହ ଜଡ଼ିତ ବିଭିନ୍ନ ପ୍ରକଳ୍ପର ଭୂମିପୂଜନ ଓ ଶୁଭାରମ୍ଭ କରିବେ । ଏହା ସହ କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ରଥଯାତ୍ରା ଦିନ ଶ୍ରୀକ୍ଷେତ୍ର ପୁରୀରେ ରଥଯାତ୍ରାରେ ସାମିଲ ହେବାର କାର୍ଯ୍ୟକ୍ରମ ରହିଛି । କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ଆସନ୍ତାକାଲି(ଗୁରୁବାର) ସକାଳେ ଭୁବନେଶ୍ୱରରେ ପହଞ୍ଚିବା ପରେ ଅନୁଗୋଳ ଜିଲ୍ଲା ତାଳଚେର ଗସ୍ତ କରିବେ । ଏମସିଏଲର ଦୁଇଟି କେନ୍ଦ୍ରୀୟ ବିଦ୍ୟାଳୟର ଶୁଭାରମ୍ଭ କରିବା ସହ ନୂତନ କେନ୍ଦ୍ରୀୟ ବିଦ୍ୟାଳୟର ସ୍ଥାୟୀ କ୍ୟାମ୍ପସ ନିର୍ମାଣ ପାଇଁ ଭୂମିପୂଜନ କରିବାର କାର୍ଯ୍ୟକ୍ରମ ରହିଛି । ଏହି କାର୍ଯ୍ୟକ୍ରମରେ କୋଇଲା ଓ ଖଣି ମନ୍ତ୍ରୀ ପ୍ରହ୍ଲାଦ ଯୋଶୀ ଭିଡ଼ିଓ କନଫରେନ୍ସିଂରେ ଯୋଗଦେବେ । ପରବର୍ତ୍ତୀ ପର୍ଯ୍ୟାୟରେ ଶ୍ରୀ ପ୍ରଧାନ ଖୋର୍ଦ୍ଧା ଜିଲ୍ଲା ଗସ୍ତରେ ଆସି ଖୋର୍ଦ୍ଧା ରୋଡ୍ ଷ୍ଟେସନ ଠାରେ କେନ୍ଦ୍ର ରେଳ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବଙ୍କ ସହ ବିଭିନ୍ନ ରେଳ ପ୍ରକଳ୍ପ କାର୍ଯ୍ୟକ୍ରମରେ ସାମିଲ ହେବେ । ରେଳ ମନ୍ତ୍ରୀ ଓ ଶିକ୍ଷା ମନ୍ତ୍ରୀ ମିଳିତ ଭାବରେ ଖୋର୍ଦ୍ଧା ରୋଡ୍ ଷ୍ଟେସନର ନୂତନ ବିଲଡିଂର ଲୋକାର୍ପଣ କରିବା ସହ ଭୁବନେଶ୍ୱର-ବେଙ୍ଗାଲୁରୁ ପ୍ରଶାନ୍ତି ଏକ୍ସପ୍ରେସର ଏଲଏଚବି ରେକ୍ ଓ ଭୁବନେଶ୍ୱର-ଆନନ୍ଦବିହାର ଦୁରୋନ୍ତ ଏକ୍ସପ୍ରେସର ଉଦଘାଟନ କରିବେ । ଏହାବ୍ୟତୀତ ସେହି ସ୍ଥାନରୁ ରହି ଉଭୟ ମନ୍ତ୍ରୀ ପଟିଆ ଓ ବାଣୀବିହାର ପିଏଚର ନୂଆ ବିଲ୍ଡିଂକୁ ଭିଡ଼ିଓ କନଫରେନ୍ସ ମାଧ୍ୟମରେ ଲୋକାର୍ପଣ କରିବାର କାର୍ଯ୍ୟକ୍ରମ ରହିଛି । ସେହିପରି ଆସନ୍ତା ଜୁଲାଇ ୧ ତାରିଖରେ କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ପୁରୀରେ ସାମାଜିକ ସଂଗଠନ "ଆମେ ଓଡ଼ିଆ" ପକ୍ଷରୁ ଆୟୋଜିତ ସିଙ୍ଗଲ୍ ୟୁଜ୍ ପ୍ଲାଷ୍ଟିକ୍ ହ୍ରାସ କରିବା ପାଇଁ ଜନସଚେତନ ଅଭିଯାନରେ ସାମିଲ ହେବେ । ପୁରୀ ଶରଧାବାଲି ଠାରେ ଭାରତ ସରକାରଙ୍କ ସୂଚନା ଓ ଲୋକସମ୍ପର୍କ ବିଭାଗ ତରଫରୁ ମୋଦି ସରକାରଙ୍କ ୮ ବର୍ଷର ସେବା, ସୁଶାସନ ଓ ଗରିବ କଲ୍ୟାଣ ପୂର୍ତ୍ତି ଅବସରରେ ଅନୁଷ୍ଠିତ ଏକ ପ୍ରଦର୍ଶନକୁ ଉଦଘାଟନ କରିବେ । ତା' ସହିତ ପୁରୀ ଭୋଳାନାଥ ବିଦ୍ୟାପୀଠ ନିକଟରେ ଭାରତ ସରକାରଙ୍କ ଶିକ୍ଷା ମନ୍ତ୍ରଣାଳୟର ଅଧୀନ ଆଇସିଏଚଆର ଦ୍ୱାରା 'ଆଜାଦୀ କା ଅମୃତ ମହୋତ୍ସବ' ଉପରେ ଆୟୋଜିତ ଏକ ପ୍ରଦର୍ଶନୀକୁ ଉଦଘାଟନ କରିବେ । ବଡ଼ଶଙ୍ଖ ଶରଧା ମଣ୍ଡପ ଠାରେ ବିଶ୍ୱ କଲ୍ୟାଣ ଆଧାତ୍ମିକ ଚେତନା ସଂଘର ପ୍ରସାଦ ବିତରଣ କାର୍ଯ୍ୟକ୍ରମରେ ସାମିଲ ହେବା ପରେ ଶ୍ରୀ ପ୍ରଧାନ ରଥଯାତ୍ରାରେ ସାମିଲ ହେବାର କାର୍ଯ୍ୟକ୍ରମ ରହିଛି ।

MAHARISHI PUBLIC SCHOOL

2021-2022



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

(Special discount for new admission before 15.03.2021)

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on Facebook.com/Mps, Baripada


## ରାମସାର ତାଲିକାରେ ସାମିଲ ହେବ ଓଡ଼ିଶା ସମେତ ୪ ରାଜ୍ୟର ୫ଟି କୋଇଲା ଖଣି ପିଟ୍ ଲେକ୍

ଭୁବନେଶ୍ୱର, (ପି.ଏନ): ଭାରତୀୟ କୋଇଲା କ୍ଷେତ୍ର ଅଧିକରୁ ଅଧିକ କୋଇଲା ଉତ୍ପାଦନ ମାଧ୍ୟମରେ ଦ୍ରୁତ ବର୍ଦ୍ଧିତ ଶକ୍ତି ଚାହିଦା ପୂରଣ କରିବା ନିମନ୍ତେ ନିରନ୍ତର ପ୍ରୟାସ କରି ଆସୁଛି । ଅନୁରୂପ ଭାବେ, ଦେଶର କୋଇଲା କ୍ଷେତ୍ର ପରିବେଶ ସୁରକ୍ଷା ଉପରେ ଜୋର ଦେବା ସହିତ ଜଙ୍ଗଲ ଓ ଜୈବ ବିବିଧତାର ସୁରକ୍ଷା ପାଇଁ ସଂଖ୍ୟାଧିକ ପଦକ୍ଷେପ ଗ୍ରହଣ କରୁଛି । ଦୀର୍ଘସ୍ଥାୟୀ ବିକାଶ ମାର୍ଗକୁ ଗ୍ରହଣ କରିବାର ଲକ୍ଷ୍ୟ ନେଇ ଏଭଳି ପଦକ୍ଷେପ ନିଆଯାଉଛି । ବିଭିନ୍ନ ଦୀର୍ଘସ୍ଥାୟୀ କାର୍ଯ୍ୟକ୍ରମ ଅଧୀନରେ, କୋଲ୍ ଇଣ୍ଡିଆ ଲିମିଟେଡ (ସିଆଇଏଲ) ପକ୍ଷରୁ ସମ୍ପୃକ୍ତ ରାଜ୍ୟ ସରକାର ଏବଂ ଭାରତ ସରକାରଙ୍କ ପରିବେଶ, ଜଙ୍ଗଲ ଓ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟ (ଏମଓଇଏଫସିସି)ର ସହାୟତାରେ କେତେକ ପଦକ୍ଷେପ ଗ୍ରହଣ କରିବାକୁ ଯାଉଛି । ଏସବୁ ପଦକ୍ଷେପ ମଧ୍ୟରେ ରହିଛି କୋଇଲା ଖଣି ଗର୍ତ୍ତ ହ୍ରଦ ବା ପିଟ୍ ଲେକ୍ ର ସଂରକ୍ଷଣ, ଆର୍ଦ୍ର ଭୂମିର ପ୍ରାକୃତିକ ସ୍ୱରୂପକୁ ବଜାୟ ରଖିବା ଏବଂ ପିଟ୍ ଲେକ୍‌ଗୁଡ଼ିକୁ ସମ୍ମାନଜନକ ରାମସାର ତାଲିକାରେ ସାମିଲ କରିବା । ରାମସାର ତାଲିକାରେ ସ୍ଥାନିତ କରିବା ପାଇଁ ଆର୍ଦ୍ର ଭୂମିଗୁଡ଼ିକୁ ଚିହ୍ନଟ କରିବା ଲାଗି ପରିବେଶ ମନ୍ତ୍ରଣାଳୟ ନୋଡାଲ ମନ୍ତ୍ରଣାଳୟ ଭାବରେ କାମ କରୁଛି । କୋଇଲା ଖଣିର ପିଟ୍ ଲେକ୍‌କୁ ଏହି ରାମସାର ତାଲିକାରେ ସାମିଲ କରିବା ନିମନ୍ତେ କୋଇଲା ମନ୍ତ୍ରଣାଳୟ ପକ୍ଷରୁ ପରିବେଶ ମନ୍ତ୍ରଣାଳୟ ସହିତ ଆଲୋଚନା କରାଯାଇଛି । ପରିବେଶ ମନ୍ତ୍ରଣାଳୟର ମାର୍ଗଦର୍ଶିକା ଅନୁଯାୟୀ, ଓଡ଼ିଶା, ପଶ୍ଚିମବଙ୍ଗ, ଝାଡ଼ଖଣ୍ଡ ଏବଂ ମଧ୍ୟପ୍ରଦେଶର ପାଞ୍ଚଟି କୋଇଲା ଖଣି ପିଟ୍ ଲେକ୍ କୁ ରାମସାର ତାଲିକାରେ ସାମିଲ କରିବା ନିମନ୍ତେ କୋଲ୍ ଇଣ୍ଡିଆ ଲିମିଟେଡ ଚିହ୍ନଟ କରିଛି । କୋଲ୍ ଇଣ୍ଡିଆ ରାମସାର ସୂଚନା ପତ୍ର (ଆରଇଏସ) ପ୍ରସ୍ତୁତି ପ୍ରକ୍ରିୟା ଜାରି ରହିଛି । ଖଣି ଖନନ ଯୋଗୁ ସୃଷ୍ଟି ହୋଇଥିବା ଗର୍ତ୍ତ ଏବେ ଜଳ ଭର୍ତ୍ତି ହୋଇଥିବା ବେଳେ ଏହାକୁ ଭିନ୍ନ ଭିନ୍ନ ପ୍ରଜାତିର ପକ୍ଷୀମାନେ ନିୟମିତ ଆସୁଛନ୍ତି ଏବଂ ଏହି ସ୍ଥାନ କେତେକ ପକ୍ଷୀମାନଙ୍କର ବାସସ୍ଥଳୀ ପାଲଟିଛି । କୋଲ ଇଣ୍ଡିଆ ଦ୍ୱାରା ବ୍ୟାପକ ବନୀକରଣ ଏବଂ ଅନ୍ୟ ମୃର୍ତ୍ତିକା ଆର୍ଦ୍ରତା ସଂରକ୍ଷଣ ପଦକ୍ଷେପ କାରଣରୁ ଏସବୁ ଜଳାଶୟ ଚାରି ପାଖରେ ଥିବା ପରିବେଶ ଏବେ ଉନ୍ନତ ହୋଇପାରିଛି ।




Bhubaneswar Friday July 01, 2022 | ଭୁବନେଶ୍ୱର ଶୁକ୍ରବାର, ଜୁଲାଇ ୦୧,୨୦୨୨ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com | ୮

# ରଥଯାତ୍ରା ପାଇଁ ଶ୍ରୀବାଣୀକ୍ଷେତ୍ର ଚଳଚଞ୍ଚଳ



ଭୁବନେଶ୍ୱର,(ପି.ଏନ): ରଥଯାତ୍ରା ପାଇଁ କିସ୍ ଶ୍ରୀବାଣୀ କ୍ଷେତ୍ରରେ ରଥ ପ୍ରସ୍ତୁତ ପଥ ବି ପ୍ରସ୍ତୁତ। ରଥଯାତ୍ରା ପାଇଁ ସମସ୍ତ ପ୍ରସ୍ତୁତି ପର୍ବ ଚୂଡ଼ାନ୍ତ ପର୍ଯ୍ୟାୟରେ ପହଞ୍ଚିଥିବା ବେଳେ ନୀତି ନିର୍ଘଣ୍ଟ ଅନୁଯାୟୀ ଆସନ୍ତା କାଲି ଘୋଷଯାତ୍ରା ଅନୁଷ୍ଠିତ ହେବ। ପୂର୍ବାହ୍ନ ୧୦ଘଣ୍ଟା ସମୟରେ ଶ୍ରୀଜୀଉମାନଙ୍କ ପହଣ୍ଡି ବିଜେ ଆରମ୍ଭ ହେବାକୁ ଥିବା ବେଳେ ଅପରାହ୍ନ ୩ଟାରୁ ୪ଟା ମଧ୍ୟରେ ଛେରା ପହଁରା ନୀତି ଅନୁଷ୍ଠିତ ହେବ। ଅପରାହ୍ନ ୪ଟା ୩୦ମିନିଟ୍ ସମୟରେ ରଥଟଣା ଆରମ୍ଭ ହେବ। ଶ୍ରୀବାଣୀ କ୍ଷେତ୍ରରେ ମହାପ୍ରଭୁ ଶ୍ରୀ ବଳଭଦ୍ର ଓ ଶ୍ରୀ ଜଗନ୍ନାଥଙ୍କ ରଥକୁ ପୁରୁଷମାନେ ଟାଣିଥାନ୍ତି। ମାଆ ଶୁଭଦ୍ରାଙ୍କ ରଥକୁ କେବଳ ମହିଳାମାନେ ଟାଣିଥାନ୍ତି। ରଥଦାଣ୍ଡର ଆଲୋକିକରଣ କରାଯିବା ସହ ଗୁଣ୍ଡିଚାମନ୍ଦିରକୁ ରଙ୍ଗ ବେରଙ୍ଗ ଆଲୋକମାଳାରେ ସଜ୍ଜିତ କରାଯାଇଛି। ଏଥର ନବଦିନ ବ୍ୟାପୀ ଶ୍ରୀଜୀଉମାନେ ନବନିର୍ମିତ ସ୍ଥାୟୀ ଗୁଣ୍ଡିଚା ମନ୍ଦିରରେ ବିରାଜମାନ କରିବେ। ଚଳିତବର୍ଷ ଶ୍ରୀବାଣୀକ୍ଷେତ୍ର ରଥଯାତ୍ରାରେ ବ୍ୟାପକ ଜନସମାଗମକୁ ଦୃଷ୍ଟିରେ ରଖି କିଟ୍ ମନ୍ଦିର ଟ୍ରଷ୍ଟ ପକ୍ଷରୁ ବିଭିନ୍ନ ପଦକ୍ଷେପ ମଧ୍ୟ ନିଆଯାଇଛି। ଗୁଣ୍ଡିଚା ମନ୍ଦିରରେ ଶ୍ରୀ ଜୀଉମାନଙ୍କ ନବଦିନ ବ୍ୟାପୀ ରହଣି ସମୟରେ ପ୍ରତ୍ୟେକ ସଂଧ୍ୟାରେ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ନିମନ୍ତେ ଭଜନ ସମାରୋହ ବ୍ୟବସ୍ଥା କରାଯାଇଛି। କରୋନା ମହାମାରୀ ପରେ ଚଳିତବର୍ଷ ମହାପ୍ରଭୁଙ୍କ ରଥଯାତ୍ରା ମହାସମାରୋହରେ ଅନୁଷ୍ଠିତ ହେଉଥିବାରୁ ଦୀର୍ଘ ଦୁଇ ମାସ ଧରି କିଟ୍ ମନ୍ଦିର ଟ୍ରଷ୍ଟ ପକ୍ଷରୁ ବ୍ୟାପକ ପ୍ରସ୍ତୁତି ଜାରି ରହିଥିଲା। ସମୟକୁ ସମୟ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କ ଅଧ୍ୟକ୍ଷତାରେ ରଥ ନିର୍ମାଣଠାରୁ ଆରମ୍ଭ କରି ଅନ୍ୟାନ୍ୟ ନୀତିକାନ୍ତି ଉପରେ ପ୍ରସ୍ତୁତି ବୈଠକ କରାଯାଇଆସୁଥିଲା। ରଥଯାତ୍ରା ଯେପରି ସୁରୁଖୁରୁ ଓ ଶାନ୍ତି ଶୃଙ୍ଖଳାର ସହ ଅନୁଷ୍ଠିତ ହେବ ସେ ନେଇ ଶ୍ରୀ ସାମନ୍ତ ସମସ୍ତ କର୍ମଚାରୀ ଓ ସେବକଙ୍କୁ ଆବଶ୍ୟକ ପରାମର୍ଶ ଦେଇଥିଲେ।

## ମହିଳାଙ୍କ ବେକରୁ ସୁନାଚେନ ଲୁଟ ଅଭିଯୋଗ

ଧର୍ମଶାଳା, (ପିଏନ୍): ଧର୍ମଶାଳା-କବାଟବନ୍ଧ ପୂର୍ତ୍ତ ରାସ୍ତାର କୁଆଁରିଆ ପୋଲ ନିକଟରେ ଜଣେ ମହିଳାଙ୍କ ବେକରୁ ବୁଧବାର ଦିନ ସୁନା ଚେନ ଲୁଟ ହୋଇଥିବା ଅଭିଯୋଗ ହୋଇଛି । ସୂଚନା ଅନୁଯାୟୀ ଧର୍ମଶାଳା ବ୍ଲକ ଅନ୍ତର୍ଗତ ବାଲିସାହିପାଟିଆ ଗ୍ରାମର ଦୀଲିପ ସାହୁ ଓ ତାଙ୍କ ପତ୍ନୀ ଦେବସ୍ମିତା ସାହୁ ବାଇକରେ ଜାରକାସ୍ଥିତ ଭୂମିକା ହସପିଟାଲକୁ ଆସୁଥିଲେ । ଏହି ସମୟରେ ୨ଜଣ ଲୁଟେରା ଏକ ପଲସର ବାଇକରେ ତାଙ୍କ ପିଛା କରି ଧର୍ମଶାଳା ଥାନା କୁଆଁରିଆ ପୋଲ ନିକଟରେ ବାଇକରେ ବସିଥିବା ମହିଳାଙ୍କ ବେକରୁ ୧୨ ଗ୍ରାମ ଓଜନର ସୁନା ଚେନ ଲୁଟି ନେଇ ଫେରାର ହୋଇଯାଇଛନ୍ତି । ଏନେଇ ମହିଳାଙ୍କ ସ୍ୱାମୀ ଗୁରୁବାର ଧର୍ମଶାଳା ଥାନାରେ ଅଭିଯୋଗ କରିଛନ୍ତି । ଅଭିଯୋଗ ଆଧାରରେ ପୁଲିସ ଘଟଣାର ତଦନ୍ତ ଚଳାଇଛି ।

## ଘୋଷଯାତ୍ରା ପାଇଁ ପ୍ରସ୍ତୁତି ଚୁଡାନ୍ତ ପର୍ଯ୍ୟାୟରେ

ଧର୍ମଶାଳା, (ପିଏନ୍):ଧର୍ମଶାଳା ମୁନସୀ ମିଳନ କମିଟି ଓ ଶ୍ରୀ ଜଗନ୍ନାଥ କମିଟି ଭାଲୁଖାଇର ମିଳିତ ସହଯୋଗରେ ବିଶ୍ୱ ଆରାଧ୍ୟ ଦେବତା ଜଗନ୍ନାଥଙ୍କ ଅଷ୍ଟମ ବାର୍ଷିକ ଘୋଷଯାତ୍ରା ପାଇଁ ପ୍ରସ୍ତୁତି ଶେଷ ପାର୍ଯ୍ୟାୟରେ ପହଁଚିଛି । ଆସନ୍ତା କାଲି ଶୁକ୍ରବାର ଭାଲୁଖାଇସ୍ଥିତ ଜଗନ୍ନାଥ ମନ୍ଦିର ପରିସରରେ ଛେରା ପହଁରା କରାଯାଇ ପହଣ୍ଡିବିଜେ ପରେ ଦିନ ୧ଟାରେ ରଥଟଣା ଆରମ୍ଭ ହେବାକୁ ସ୍ଥିର କରାଯାଇଛି । ରଥ ଭାଲୁଖାଇ ମନ୍ଦିରରୁ ବାହାରି ୧୬ନଂ ଜାତୀୟ ରାଜପଥ ଜାରକା ଛକ, ବୁଦ୍ଧ ଛକ ଓ ଶାନ୍ତିବଜାର ଦେଇ ଧର୍ମଶାଳା ହାଟପଡିଆସ୍ଥିତ ମାଉସୀମା ମନ୍ଦିରରେ ପହଁଚିବ। ଶ୍ରୀଗୁଣ୍ଡିଚା ମନ୍ଦିରରେ ୯ ଦିନ ରହଣି କାଳରେ ସେଠାରେ ପ୍ରତ୍ୟେକ ସନ୍ଧ୍ୟାରେ ଭଜନ,ପ୍ରବଚନ, ନୃତ୍ୟସଙ୍ଗୀତ ଆଦି ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ମାଉସୀମା ମନ୍ଦିରରେ ଠାକୁର ୯ ଦିନ ରହିବା ପରେ ଗତ ୯ ତାରିଖରେ ପୁଣି ବାହୁଡାଯାତ୍ରାରେ ଭାଲୁଖାଇସ୍ଥିତ ମନ୍ଦିରକୁ ପ୍ରତ୍ୟାବର୍ତନ କରିବା ପରେ ୧୦ ତାରିଖରେ ସୁନାବେଶ, ୧୧ ତାରିଖରେ ଅଧରପଣା ଓ ୧୨ତାରିଖରେ ନିଳାଦ୍ରୀ ବିଜେ କରାଯିବ ବୋଲି ମୁନସୀ ମେଳଣ କମିଟିର ସଭାପତି ତଥା ଥାନା ଅଧିକାରୀ ରାକେଶ କୁମାର ତ୍ରିପାଠୀ ଓ ଜଗନ୍ନାଥ କମିଟି ପରିଚାଳନା କମିଟି ସଭାପତି ପ୍ରସନ୍ନ କୁମାର ବରାଳ ଏକ ପ୍ରେସ ବିବୃତିରେ ଜଣାଇଛନ୍ତି ।

## ଶ୍ରମ ବିଭାଗର ପାରାଦୀପରେ ଚଢାଉ- ବେଆଇନ୍ ଭାବେ ନିୟୋଜିତ ଶିଶୁ ଶ୍ରମିକ ଉଦ୍ଧାର

ପାରାଦୀପ,(ପି.ଏନ): ଜଗତସିଂହପୁର ଜିଲ୍ଲା ଶ୍ରମ ବିଭାଗ ପକ୍ଷରୁ ପାରାଦୀପର ବିଭିନ୍ନ ସ୍ଥାନରେ ଶିଶୁ ଶ୍ରମିକ ନିୟୋଜିତ ହୋଇଥିବା ନେଇ ଅଭିଯୋଗ ପାଇବା ପରେ ଗୁରୁବାର ଦିନ ଚଢାଉ କରାଯାଇଥିଲା । ପାରାଦୀପ ସହରର ବିଭିନ୍ନ ହୋଟେଲ୍,ଗ୍ୟାରେଜ୍, ବ୍ୟବସାୟିକ ପ୍ରତିଷ୍ଠାନ ଗୁଡିକରେ ଏହି ଚଢାଉ କରାଯାଇଥିଲା । ପାରାଦୀପର ବଡପଡିଆ, ଅଠରବାଙ୍କୀ,ସବ୍‌ଷ୍ଟେସନ୍ ମାର୍କେଟ ସହିତ ଅନ୍ୟ ସ୍ଥାନ ମାନଙ୍କରେ ଜିଲ୍ଲା ଶ୍ରମ ବିଭାଗର ଅଧିକାରୀ, ଜିଲ୍ଲା ଶିଶୁ ମଙ୍ଗଳ ବୋର୍ଡର କର୍ମକର୍ତାମାନେ ମିଳିତ ଭାବେ ଚଢାଉ କରିଥିଲେ। ଏହି ଚଢାଉ ପ୍ରକ୍ରିୟାରେ ଷଣ୍ଢକୁଦ ଅଂଚଳର ଆକବର ହୋଟେଲ ନାମକ ଏକ ଫାଷ୍ଟଫୁଡ୍ ଦୋକାନରୁ ଏକ ଶିଶୁ ଶ୍ରମିକ କାମ କରୁଥିବା ଅଧିକାରୀମାନେ ଦେଖିବାକୁ ପାଇଥିଲେ । ତୁରନ୍ତ ଏହି ଶିଶୁ ଶ୍ରମିକକୁ ଉଦ୍ଧାର କରାଯାଇଥିବା ଜିଲ୍ଲା ସହକାରୀ ଶ୍ରମ ଅଧିକାରୀ ସୌମ୍ୟରଂଜନା ଦଳାଇ ସୂଚନା ଦେଇଛନ୍ତି । ଜିଲ୍ଲା ଶ୍ରମ ବିଭାଗ ଓ ଜିଲ୍ଲା ଶିଶୁ ମଙ୍ଗଳ ବୋର୍ଡ ପକ୍ଷରୁ ଏଭଳି ଚଢାଉ ନିୟମିତ ଭାବେ କରାଗଲେ ବହୁ ଶିଶୁ ଶ୍ରମିକମାନଙ୍କୁ ଉଦ୍ଧାର କରାଯାଇପାରନ୍ତା। ବୋଲି ସାଧାରଣରେ ଆଲୋଚନା ହେଉଛି।

## ଅବସରପ୍ରାପ୍ତ ବ୍ୟାଙ୍କ କର୍ମଚାରୀ ସଙ୍ଘ ବୈଠକ

କେନ୍ଦ୍ରାପଡ଼ା,(ପି.ଏନ): କେନ୍ଦ୍ରାପଡା ଜିଲ୍ଲା ଅବସରପ୍ରାପ୍ତ ବ୍ୟାଙ୍କ କର୍ମଚାରୀ ସଙ୍ଘର ଏକ ବୈଠକ ଶ୍ରୀବଳଦେବଜୀଉଙ୍କ ମନ୍ଦିର ପରିସରରେ ଥିବା ରୋହିଣୀ ମଣ୍ଡପରେ ସଙ୍ଘର ସଭାପତି ନିତ୍ୟାନନ୍ଦ ମହାନ୍ତିଙ୍କ ପୌରହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ କେନ୍ଦ୍ରାପଡା ଷ୍ଟେଟବ୍ୟାଙ୍କ ମୁଖ୍ୟ ଶାଖାର ମୁଖ୍ୟ ପରିଚାଳକ ପ୍ରକାଶ ଚନ୍ଦ୍ର ଗ୍ରହାଚାର୍ଯ୍ୟ, ଉପପରିଚାଳକ ସୁରେଶ କୁମାର ପୃଷ୍ଟି ଓ ଭାରତୀୟ ଷ୍ଟେଟବ୍ୟାଙ୍କ କର୍ମଚାରୀ ସଙ୍ଘ କେନ୍ଦ୍ରାପଡା ଶାଖା ସମ୍ପାଦକ ତଥା କେନ୍ଦ୍ରାପଡା ଜିଲ୍ଲା ସଂଗଠନ ସମ୍ପାଦକ ଚିରଞ୍ଜିବୀ ଜେନା ପ୍ରମୁଖ ଯଥାକ୍ରମେ ମୁଖ୍ୟ ଅତିଥି ଓ ସମ୍ମାନୀତ ଅତିଥି ଭାବେ ଯୋଗଦେଇଥିଲେ। ବୈଠକ ପ୍ରାରମ୍ଭରେ ସଙ୍ଘର ସାଧାରଣ ସମ୍ପାଦକ ଗଣେଶ୍ୱର ମେକାପ ବିବରଣୀ ପ୍ରଦାନ କରିବା ସହିତ ଷ୍ଟେଟବ୍ୟାଙ୍କ କେନ୍ଦ୍ରାପଡା ଶାଖାରେ ବ୍ୟାଙ୍କ ପରିଚାଳିତ ଡିସପେନସରୀ ଖୋଲାଯିବା ଓ ପେନସନ ଭୋଗୀ ବରିଷ୍ଠ ନାଗରିକମାନଙ୍କୁ ଉତ୍ତମ ସେବା ଯୋଗାଇ ଦେବା ନିମନ୍ତେ ମୁଖ୍ୟ ପରିଚାଳକଙ୍କୁ ଅନୁରୋଧ ଜଣାଇଥିଲେ। ଏହି ବୈଠକରେ ମାଧବାନନ୍ଦ ମହାପାତ୍ର, ରମ ଚନ୍ଦ୍ର ସେଠୀ, ଗୌରାଙ୍ଗ ଚରଣ ସାହୁ, ସୌର ପ୍ରସାଦ ତ୍ରିପାଠୀ, କ୍ଷୀରୋଦ ଚନ୍ଦ୍ର ବେହେରା, ସଙ୍ଘମିତ୍ରା ସିଂହ, ପ୍ରହଲ୍ଲାଦ ମହାରଣା, ଦୁର୍ଯ୍ୟୋଧନ ସେଠୀ, ଉଦୟନାଥ ସାହୁ, ଉମେଶ ପରିଡା, ସୁନାକର ଜେନା, ଭୀମସେନ ଦାସ, ହରିପଦ ପଣ୍ଡା, ଶରତ ମୁଦୁଲି, ଅତୁଲ ଚନ୍ଦ୍ର ଗିରି, ମହେନ୍ଦ୍ର ମିଶ୍ର, କୁଞ୍ଜ ସାମଲ ପ୍ରମୁଖ ଉପସ୍ଥିତ ଥିଲେ। ନୂତନ ସଭ୍ୟ ପ୍ରହଲ୍ଲାଦ ମହାରଣାଙ୍କୁ ସଙ୍ଘ ପକ୍ଷରୁ ସ୍ୱାଗତ କରାଯାଇଥିଲା। ସାଧାରଣ ସମ୍ପାଦକ ଶ୍ରୀ ମେକାପ ଧନ୍ୟବାଦ ଅର୍ପଣ କରିଥିଲେ।




## ବାର୍ତ୍ତା

ପବିତ୍ର ରଥଯାତ୍ରା ଉପଲକ୍ଷେ ବଡ଼ଚଣା-ଧର୍ମଶାଳା ଅଞ୍ଚଳ ତଥା ଯାଜପୁର ଜିଲ୍ଲା ଓ ରାଜ୍ୟର ସମସ୍ତ ଭାଇ ଓ ଭଉଣୀମାନଙ୍କୁ ମୁଁ ଆନ୍ତରିକ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଉଛି ଏବଂ ସମସ୍ତଙ୍କର ସୁଖ ଓ ସମୃଦ୍ଧି କାମନା କରୁଛି ।

ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
ବଡ଼ଚଣା-ଧର୍ମଶାଳା, ଯାଜପୁର, ଓଡ଼ିଶା


## ଧର୍ମଶାଳା ପ୍ରେସ କ୍ଲବର ସାଧାରଣ ପରିଷଦ ବୈଠକ ଅନୁଷ୍ଠିତ

ଧର୍ମଶାଳା,(ପିଏନ୍): ଧର୍ମଶାଳା ପ୍ରେସ କ୍ଲବର ସାଧାରଣ ପରିଷଦ ବୈଠକ ଜାରକାସ୍ଥିତ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ସଭାପତି ରମାକାନ୍ତ ଜେନାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ସାଧାରଣ ସଂପାଦକ ଅବିନେଶ୍ୱର ଶତପଥୀ ପୂର୍ବ ବୈଠକର ବିବରଣୀ ପାଠ କରିଥିଲେ। ପରେ ପ୍ରେସ କ୍ଲବର ଆୟବ୍ୟୟର ସମୀକ୍ଷା କରାଯାଇଥିଲା। ଏହି ଅବସରରେ ଅନ୍ୟ ବର୍ଷ ମାନଙ୍କ ପରି ବନ ମହୋତ୍ସବ ସପ୍ତାହ ଅବସରରେ କାର୍ଯ୍ୟାଳୟ ପରିସରରେ ବୃକ୍ଷରୋପଣ କାର୍ଯ୍ୟକ୍ରମ କରାଯିବ ବୋଲି ସ୍ଥିର କରାଯାଇଥିଲା। ଏଥିସହ ଆସନ୍ତା ଜୁଲାଇ ମାସରେ ଏକ ସ୍ୱାସ୍ଥ୍ୟ ସେବା ଶିବିର ଆୟୋଜନ ନେଇ ସର୍ବସମ୍ମତିକ୍ରମେ ପ୍ରସ୍ତାବ ଗୃହୀତ ହୋଇଥିଲା। ଏନେଇ କମିଟି ଗଠନ କରାଯିବା ସହ ଦାୟିତ୍ୱ ଅର୍ପଣ କରାଯାଇଥିଲା। ଏହି ବୈଠକରେ ପ୍ରେସ କ୍ଲବର ଉପଦେଷ୍ଟା ବଟକୃଷ୍ଣ ପରିଡା, ଇନ୍ଦ୍ରମଣି ନାୟକ, କାର୍ଯ୍ୟକାରୀ ସଭାପତି ପୂର୍ଣ୍ଣଚନ୍ଦ୍ର ଶତପଥୀ, ଉପସଭାପତି ଗୁଲାମ ଗସ୍, ସୀତାକାନ୍ତ ସାମଲ, ସହ ସଂପାଦକ ମାନସ ରଂଜନ ଜେନା, କୋଷାଧ୍ୟକ୍ଷ ଅଖିଳ କୁମାର ସ୍ୱାଇଁ, ସଂଗଠନ ସଂପାଦକ ପ୍ରଶାନ୍ତ କୁମାର ଗନ୍ତାୟତ, ଆଇନ ପରାମର୍ଶଦାତା କ୍ଷୀରୋଦ ଚନ୍ଦ୍ର ମୁଦୁଲି, ବରିଷ୍ଠ ସଭ୍ୟ କପିଳେନ୍ଦ୍ର ରାଉତ, ସବ୍ୟସାଚୀ ବେହେରା, ବିବେକାନନ୍ଦ ରାୟ, ଅକ୍ଷୟ କୁମାର ରାଉତ, ପ୍ରସନ୍ନ କୁମାର ପାଣି, ଅନିଲ ନାୟକ, ବିନୋଦ ପରିଡା, ରଶ୍ମିରଂଜନ ରାୟ, ସୁବ୍ରତ ଜେନା, ଗିରିଧାରୀ ବେହେରା, କିଶୋର ରାଉତ, ବିନୋଦ ସାହୁ ପ୍ରମୁଖ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଶେଷରେ ବରିଷ୍ଠ ସଭ୍ୟ ବିକ୍ରମ କେଶରୀ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

## ଆରିକମା ସେବା ସମବାୟ ସମିତି ନିର୍ବାଚନରେ ମେଂଟର ବିଜୟ

ଖୋର୍ଦ୍ଧା,(ପି.ଏନ):ବୋଲଗଡ ବ୍ଲକ ଅନ୍ତର୍ଗତ ଆରିକମା ସେବା ସମବାୟ ସମିତିର ନିର୍ବାଚନରେ ମେଂଟର ବିପୁଳ ଭାବରେ ଭୋଟ ପାଇ ବିଜୟ ଲାଭ କରିଥିଲା ।ତେବେ ବିଜୁ ଜନତା ଦଳର ସରପଂଚଙ୍କ ସମର୍ଥିତ ସଦସ୍ୟ ମାନେ ଶୋଚନୀୟ ଭାବରେ ପରାସ୍ତ ହୋଇଛନ୍ତି । ପ୍ରକାଶ ଯୋଗ୍ୟ ଯେ ବୋଲଗଡ ବ୍ଲକର ଦ୍ୱିତୀୟ ପର୍ଯ୍ୟାୟ ସେବା ସମବାୟ ନିର୍ବାଚନ ଫଳାଫଳ ରବିବାର ଦି ଘୋଷଣା କରାଯାଇଥିଲା ।ଆରିକମା ସେବା ସମବାୟ ନିର୍ବାଚନରେ ୧୫ ଗୋଟି ନିର୍ଦ୍ଦେଶକ ପଦବୀ ପାଇଁ ୫୭୬ ଜଣ ପଞ୍ଜୀକୃତ ଚାଷୀ ଭୋଟ ଦେଇଥିଲେ । ଏହି ସେବା ସମବାୟ ସମିତିରେ ଗୋପବନ୍ଧୁ ଦାସ,ପୂର୍ଣ୍ଣ ଚନ୍ଦ୍ର ମହାରଣା,ସୂର୍ଯ୍ୟ ନାରାୟଣ ପଣ୍ଡା,ଜିତେନ୍ଦ୍ର କୁମାର ସାହୁ,ଜଗବନ୍ଧୁ ମାର୍ଥା,ସୁକାନ୍ତ କୁମାର ବେହେରା,ପ୍ରଭାତ ଦଳେଇ,ସତ୍ୟଭାମା ଦାସ,ଜୟକୃଷ୍ଣ ପ୍ରହରାଜ,ପ୍ରତିମା ବିଶ୍ୱାଳ ଓ ଶରତ ପରିଡା ପ୍ରମୁଖ ମେଂଟ ପକ୍ଷରୁ ବିଜୟ ହାସଲ କରିଥିବାରୁ ବିଜେଡିର ରାଜ୍ୟ ସମ୍ପାଦକ ପ୍ରଦୀପ କୁମାର ସାହୁ ଶୁଭେଚ୍ଛା ଜଣାଇଛନ୍ତି । ଅନ୍ୟ ୩ ଜଣ ସରପଂଚଙ୍କ ସମର୍ଥିତ ଯଥା ଶ୍ୟାମ ସୁନ୍ଦର ସାହୁ,ଭରତ ବିଶ୍ୱାଳ ଓ ରମେଶ ଦାସ ବିଜୟ ଲାଭ କରିଥିବା ବେଳେ ମେଂଟ ପକ୍ଷରୁ ବିଜୟ ଲାଭ କରିଥିବା ପ୍ରାର୍ଥୀଙ୍କ ପକ୍ଷରୁ ଶରତ ପରିଡା ସଭାପତି ପଦବୀ ପାଇଁ ମନୋନୀତ କରାଯାଇଛି ।

## ଉତ୍କଳମଣିଙ୍କ ଶ୍ରାଦ୍ଧ ବାର୍ଷିକ ଉପଲକ୍ଷେ ରକ୍ତଦାନ ଶିବିର : ୧୩୧ ୟୁନିଟ୍ ରକ୍ତ ସଂଗ୍ରହ



ପାରାଦୀପ,(ପି.ଏନ): ଉତ୍କଳମଣି ପଣ୍ଡିତ ଗୋପବନ୍ଧୁ ଦାଶଙ୍କ ୯୮ ତମ ଶ୍ରାଦ୍ଧ ଦିବସ ଅବସରରେ ପାରାଦୀପ ମହାବିଦ୍ୟାଳୟ ପରିସରରେ ଏକ ରକ୍ତଦାନ ଶିବିର ଆୟୋଜିତ ହୋଇଥିଲା । ପାରାଦୀପ ପୌରପାଳିକାର ଉପାଧ୍ୟକ୍ଷା ଛବିଲତା ରାଉତ ଏହି ଶିବିରକୁ ଉଦଘାଟନ କରିଥିଲେ । ଏହି ଶିବିରରେ ମୋଟ ୧୩୧ ୟୁନିଟ୍ ରକ୍ତ ସଂଗ୍ରହ ହୋଇଥିବା ସମାଜର ପ୍ରତିନିଧି ଜଗବନ୍ଧୁ ସ୍ୱାଇଁ ସୂଚନା ଦେଇଛନ୍ତି । ପାରାଦୀପ ଅଂଚଳର ବହୁ ଯୁବଗୋଷ୍ଠୀ ଏହି ସ୍ୱେଚ୍ଛାକୃତ ରକ୍ତଦାନ ଶିବିରରେ ଯୋଗ ଦେଇ ରକ୍ତଦାନ କରିଥିଲେ ।

## ସଡକ ଦୁର୍ଘଟଣାରେ ବାଇକ ଚାଳକର ମୃତ୍ୟୁ

ଧର୍ମଶାଳା,(ପିଏନ): ଧର୍ମଶାଳା ଥାନା ଅନ୍ତର୍ଗତ ୧୬ ନଂ ଜାତୀୟ ରାଜପଥର ଜାରକା ନିକଟରେ ଗୁରୁବାର ପୂର୍ବାହ୍ନରେ ଏକ ସଡକ ଦୁର୍ଘଟଣାରେ ଜଣେ ବାଇକ ଚାଳକଙ୍କ ଶୋଚନୀୟ ମୃତ୍ୟୁ ଘଟିଛି । ମୃତକ ଜଣକ ହେଲେ ଯାଜପୁର ଟାଉନ ଥାନା ମହାନ୍ତିପାଟଣା ଗ୍ରାମର ବାସୁଦେବ ସାମଲଙ୍କ ପୁଅ ରାଜେନ୍ଦ୍ର ସାମଲ (୩୫) ବୋଲି ଜଣାପଡିଛି । ସେ ଆଜି କୌଣସି ଏକ କାମରେ ନିଜ ବାଇକରେ କଟକ ଅଭିମୁଖେ ଯାଉଥିବା ବେଳେ ଏକ ଅଜଣାଗାଡି ତାଙ୍କୁ ସାଇଡମାରି ଫେରାର ହୋଇଯାଇଥିଲା। ଫଳରେ ସେ ରାସ୍ତା କଡ ବାଡାରେ ପିଟି ହୋଇ ଗୁରୁତର ଆହତ ହୋଇଥିଲେ । ଗୁରୁତର ଅବସ୍ଥାରେ ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଧର୍ମଶାଳା ଡାକ୍ତରଖାନାରେ ଭର୍ତି କରିଥିଲେ । ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ଖବର ପାଇ ଧର୍ମଶାଳା ପୁଲିସ ଦୁର୍ଘଟଣାଗ୍ରସ୍ତ ବାଇକକୁ ଜବତ କରିବା ସହ ୩୭୯/୨୨ରେ ଏକ ମାମଲା ରୁଜୁ କରି ମୃତଦେହକୁ ବ୍ୟବଛେଦ ଲାଗି ବଡଚଣା ପଠାଇ ଘଟଣାର ତଦନ୍ତ ଚଳାଇଛି ।


ଓଡ଼ିଶା ସରକାର

## ରଥଯାତ୍ରା-୨୦୨୨ ନିମନ୍ତେ ଜନସାଧାରଣଙ୍କ ପାଇଁ ସ୍ୱାସ୍ଥ୍ୟ ମାର୍ଗଦର୍ଶିକା



- ଜ୍ୱର, ଶର୍ଦ୍ଦି, ଥଣ୍ଡାକାଶ ଆଦି ହେଉଥିବା ବ୍ୟକ୍ତି ଆଦୌ ଜନଗହଳି ମଧ୍ୟକୁ ନ ଯାଇ ଘରେ ଟିଭି ମାଧ୍ୟମରେ ରଥଯାତ୍ରା ଦେଖନ୍ତୁ।
- କୋଭିଡ୍ ନିୟମ ଯଥା : ସଠିକ୍ ଭାବେ ମାସ୍କ ପିନ୍ଧିବା, ହାତକୁ ଭଲଭାବେ ସାବୁନ୍‌ରେ ଧୋଇବା/ସାନିଟାଇଜରରେ ସଫା କରିବା ଆଦି ନିଷ୍ଠାର ସହ ପାଳନ କରନ୍ତୁ।
- ବିଶୁଦ୍ଧ ପାଣି (ପାଇପ୍ ପାଣି, ସିଝା ପାଣି କିମ୍ବା ହାଲୋଜେନ୍ ବଟିକା ପଡିଥିବା ପାଣି) ପିଅନ୍ତୁ।
- ବାହାରେ ଖୋଲା ବିକ୍ରି ହେଉଥିବା ଖାଦ୍ୟ, ରଙ୍ଗ ଦିଆ ଖାଦ୍ୟ, ବାସି ଓ ଦୁର୍ଗନ୍ଧ ହେଉଥିବା ଖାଦ୍ୟ, ମାଛି ବସୁଥିବା ଖାଦ୍ୟ କିମ୍ବା ପଚାସଢ଼ା ଫଳ ଖାଆନ୍ତୁ ନାହିଁ।
- ସମୁଦ୍ର ସ୍ନାନ ସମୟରେ ଯଥେଷ୍ଟ ସତର୍କତା ଅବଲମ୍ବନ କରନ୍ତୁ।
- ବଡଦାଣ୍ଡ, ଶରଧା ବାଲି, ବସ୍ ଷ୍ଟାଣ୍ଡ, ରେଳ ଷ୍ଟେସନ ଓ ସମୁଦ୍ର କୂଳ ଆଦି ସ୍ଥାନରେ ରାଜ୍ୟ ସରକାରଙ୍କ ତରଫରୁ ଆଶୁ ଚିକିତ୍ସା କେନ୍ଦ୍ରମାନ ଖୋଲା ଯାଇଛି। ଦରକାର ହେଲେ ସାହାଯ୍ୟ ନିଅନ୍ତୁ।
- କୌଣସି ଦୁର୍ଘଟଣା ସମୟରେ ଜରୁରୀ ଖବର ଦେବା ପାଇଁ ଆପଣଙ୍କ ନିକଟ ସମ୍ପର୍କୀୟଙ୍କ ଫୋନ୍ ନମ୍ବର ପାଖରେ ରଖନ୍ତୁ।

**ଜରୁରୀ ସେବା ଫୋନ୍ ନମ୍ବର :**
ପୁରୀ ସଦର ହସ୍ପିଟାଲ କଣ୍ଟ୍ରୋଲ ରୁମ୍ : ୦୬୭୫୨-୨୨୨୧୭୫
ରାଜ୍ୟ ସ୍ୱାସ୍ଥ୍ୟ ସେବା ହେଲ୍ପ ଲାଇନ୍ : ୧୦୪

**ଆସନ୍ତୁ, ଉପରୋକ୍ତ ସମସ୍ତ ନିୟମ ପାଳନ ପୂର୍ବକ ମହାପ୍ରଭୁଙ୍କ ଘୋଷ ଯାତ୍ରାକୁ ମନଭରି ଉପଭୋଗ କରିବା।**



DADLS-90
10003/13/0024/2223

ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ, ଓଡ଼ିଶା
facebook.com/HFWOdisha
http://www.health.odisha.gov.in/
@HFWOdisha


Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray